୨୬ତମ ପ୍ରତିଷ୍ଠା ଦିବସ ସମାରୋହ

ସମ୍ପୂର୍ଣ୍ଣ ନିରପେକ୍ଷ ସାଧାରଣ ଲୋକଙ୍କ ଖବର କାଗଜ

# ପର୍ଯ୍ୟବେକ୍ଷକ

PARYABEKHYAK ପର୍ଯ୍ୟବେକ୍ଷକ

Vol.26 . No.301 Bhubaneswar Tuesday January 14 2025 | ୨୬ତମ ବର୍ଷ ସଂଖ୍ୟା–୩୦୧ ଭୁବନେଶ୍ୱର, ମଙ୍ଗଳବାର, ଜାନୁଆରୀ ୧୪, ୨୦୨୫ (୮ ପୃଷ୍ଠା) ମୂଲ୍ୟ–୧.୫୦ ₹ 1.50 (Air Surcharge - 0.50P) Member-INS

## ଓଡିଶାର ଜନସାଧାରଣଙ୍କୁ ଅଭିନନ୍ଦନ ଜଣାଇଲେ ପ୍ରଧାନମନ୍ତ୍ରୀ

ଭୁବନେଶ୍ୱର, ୧୩।୧(ପି.ଏନ): ଆୟୁଷ୍ମାନ ଭାରତ ଯୋଜନାରେ ଓଡିଶା ସାମିଲ ହେବା ପରେ ରାଜ୍ୟର ଜନସାଧାରଣଙ୍କୁ ଅଭିନନ୍ଦନ ଜଣାଇଛନ୍ତି ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦି। ସୋଶାଲ୍ ମିଡିଆ 'ଢ' ରେ ପ୍ରଧାନମନ୍ତ୍ରୀ ଲେଖିଛନ୍ତି, ଏହା ବାସ୍ତବରେ ଏକ ବିଡ଼ମ୍ବନା ଯେ ଓଡ଼ିଶାର ମୋର ଭଉଣୀ ଓ ଭାଇମାନେ ପୂର୍ବ ସରକାର ଦ୍ୱାରା ଆୟୁଷ୍ମାନ ଭାରତର ଲାଭରୁ ବଞ୍ଚିତ ହୋଇଥିଲେ। ଏହି ଯୋଜନା ଉକ୍ତ ମାନର ସ୍ୱାସ୍ଥ୍ୟସେବା ସୁନିଶ୍ଚିତ କରିବ। ଏହା ବିଶେଷ କରି ଓଡ଼ିଶାର ନାରୀ ଶକ୍ତି ଓ ବୟସ୍କମାନଙ୍କୁ ଲାଭାନ୍ୱିତ କରିବ ବୋଲି ପ୍ରଧାନମନ୍ତ୍ରୀ ଲେଖିଛନ୍ତି।



## ଆପ୍ ଉପରେ ବର୍ଷିଲେ ରାହୁଲ, କହିଲେ ମୋଦି-କେଜ୍ରିଓ୍ୱାଲ ସମାନ

ଭୁବନେଶ୍ୱର, ୧୩।୧(ପି.ଏନ): ଦିଲ୍ଲୀ ବିଧାନସଭା ନିର୍ବାଚନ ପାଇଁ ସରଗରମ ହେଲାଣି ପ୍ରଚାର ମୈଦାନ। ଏହି କ୍ରମରେ ଆଜି କଂଗ୍ରେସର ପ୍ରଚାର ମଙ୍ଗ ଧରି ଆମ୍ ଆଦମୀ ପାର୍ଟିକୁ ଟାର୍ଗେଟ କରିଛନ୍ତି କଂଗ୍ରେସ ସାଂସଦ ରାହୁଲ ଗାନ୍ଧି। ଇଣ୍ଡିଆ ମେଣ୍ଟର ସହଯୋଗୀ ତଥା ଆପ୍ ମୁଖ୍ୟ ଅରବିନ୍ଦ କେଜ୍ରିଓ୍ୱାଲଙ୍କୁ ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦିଙ୍କ ସହ ତୁଳନା କରି ଉଭୟ କେବଳ ମିଛ ପ୍ରତିଶ୍ରୁତି ଦିଅନ୍ତି ବୋଲି କହିଛନ୍ତି।ଉତ୍ତର-ପୂର୍ବ ଦିଲ୍ଲୀର ସୀଲମପୁରରେ ଏକ ଜନସଭାକୁ ସମ୍ବୋଧନ କରି ରାହୁଲ ଦେଶବ୍ୟାପୀ ଜାତି ଜନଗଣନା ପ୍ରସଙ୍ଗ ଉପରେ ଆଲୋଚନା କରିଥିଲେ। ସେ କହିଥିଲେ ଯେ ଆପଣ କେଜ୍ରିଓ୍ୱାଲଙ୍କୁ ପଚାରନ୍ତୁ ସେ ଜାତି ଜନଗଣନା ଓ ପଛୁଆ ବର୍ଗଙ୍କୁ ଆରକ୍ଷଣ ଚାହୁଁଛନ୍ତି କି ନାହିଁ। ଯେତେବେଳେ ମୁଁ ଜାତି ଜନଗଣନା କଥା କହୁଛି, ଉଭୟ ପ୍ରଧାନମନ୍ତ୍ରୀ ମୋଦି କିମ୍ବା କେଜ୍ରିଓ୍ୱାଲଙ୍କ ମୁହଁରୁ ଗୋଟିଏ ବି ଶବ୍ଦ ଶୁଣିବାକୁ ମିଳୁନି। ସେମାନଙ୍କ ମଧ୍ୟରେ କିଛି ବି ଫରକ ନାହିଁ। ଉଭୟ କେବଳ ମିଛ ପ୍ରତିଶ୍ରୁତି ଦିଅନ୍ତି।



## ରାଜ୍ୟରେ ପୁଣି ବଢ଼ିଲା ଶୀତ, ଆସନ୍ତା ୨୪ ଘଣ୍ଟା ପାଇଁ ୮ ଜିଲ୍ଲାକୁ ୟେଲୋ ଆଲର୍ଟ

ଭୁବନେଶ୍ୱର, ୧୩।୧(ପି.ଏନ): ରାଜ୍ୟରେ ଏବେ କଲବଲ କରୁଛି ଶୀତ। ଗତ କାଲି ଅର୍ଥାତ୍ ରବିବାର ରାଜ୍ୟର କିଛି ସ୍ଥାନରେ ପ୍ରବଳ କୁହୁଡ଼ି ହେବା ନେଇ ଆଲର୍ଟ ଜାରି ହୋଇଥିବା ବେଳେ ଆଜି ସାମାନ୍ୟ ହ୍ରାସ ପାଇବାର ସମ୍ଭାବନା ରହିଛି। ଉପକୂଳ ଓଡ଼ିଶା ସମେତ ଆଭ୍ୟନ୍ତରୀଣ ଓଡ଼ିଶାରେ କୁହୁଡ଼ି ହେବା ନେଇ ଆଲର୍ଟ ଜାରି କରିଛି ପାଣିପାଗ ବିଭାଗ। ଆସନ୍ତା ୨୪ ଘଣ୍ଟା ପାଇଁ ୮ ଜିଲ୍ଲାକୁ ସତର୍କ ସୂଚନା ଜାରି କରିଛି ବିଭାଗ। ଆଜି ଓ ଆସନ୍ତା କାଲି କନ୍ଧମାଳ, କୋରାପୁଟ (Koraput), ଝାରସୁଗୁଡ଼ା, ଅନୁଗୁଳ, କେନ୍ଦୁଝର, ଢେଙ୍କାନାଳ (Dhenkanal), ନୟାଗଡ ଓ ସୁନ୍ଦରଗଡ ଏଭଳି ୮ ଜିଲ୍ଲାର କିଛି ସ୍ଥାନରେ ଘନ କୁହୁଡି ହେବାର ସମ୍ଭାବନା ରହିଛି।ଏହି ସବୁ ଜିଲ୍ଲାରେ ୫୦ ମିଟର ତଳକୁ ଦୃଶ୍ୟମାନ୍ୟତା ହ୍ରାସ ପାଇବ। କିଛି ସ୍ଥାନରେ ଜିରୋ ଭିଜିବିଲିଟି ଅବସ୍ଥା ସୃଷ୍ଟି ହେବାର ମଧ୍ୟ ସମ୍ଭାବନା ରହିଛି।

## ଆଜିଠୁ ରାଜଭବନ ଉଦ୍ୟାନ ଖୋଲା

ଭୁବନେଶ୍ୱର, ୧୩।୧(ପି.ଏନ): ସମସ୍ତଙ୍କ ପାଇଁ ଖୁସି ଖବର। ଜନସାଧାରଣଙ୍କ ପାଇଁ ଆଜିଠୁ ଖୋଲିଛି ରାଜଭବନ ଉଦ୍ୟାନ । ଜାନୁଆରୀ ୧୩ରୁ ୨୨ ଯାଏଁ ଏହା ସାଧାରଣ ଜନତାଙ୍କ ପାଇଁ ଖୋଲିବ। ଏହି ସୁନ୍ଦର ପରିବେଶ ତଥଶ ଏଠିକାର ସୁନ୍ଦର ମନୋରମ ଦୃଶ୍ୟକୁ ମନ ଭରି ଉପଭୋଗ କରିବାକୁ ଜନସାଧାରଣଙ୍କୁ ମିଳିବ ସୁଯୋଗ।କିନ୍ତୁ ଏଥର ନିୟମ ଟିକେ ଅଲଗା ହୋଇଛି । କାରଣ କେବଳ ମୋବାଇଲ୍ ଆପ୍ ପଞ୍ଜିକରଣ ମାଧ୍ୟମରେ ସର୍ବସାଧାରଣଙ୍କ ପ୍ରବେଶ ପାଇଁ ଅନୁମତି ଦିଆଯିବ । ରାଜଭବନ ଉଦ୍ୟାନ ପରିଦର୍ଶନ ପାଇଁ କୌଣସି ପ୍ରବେଶ ଶୁଳ୍କ ଦେବାକୁ ପଡିବ ନାହିଁ ।

## ବାଘ ମାରି ଖାଇଥିଲେ, ବାସନ୍ଦ ହେଲେ ୪ ପରିବାର

ଭୁବନେଶ୍ୱର, ୧୩।୧(ପି.ଏନ): ବାଘ ମାରି ଖାଇଥିଲେ। ବନ ବିଭାଗ ହାତରେ ଧରାପଡି ଜେଲ୍ ଗଲେ। ହେଲେ ତାଙ୍କ ପରିବାର ଲୋକଙ୍କୁ ଛାଡିଲେନି ନିଜର ସମାଜର ଲୋକେ। ସେମାନଙ୍କୁ ବାସନ୍ଦ କରିଦେଲେ। ବାଘ ମାରି ଖାଇବା ଅଭିଯୋଗରେ ନୂଆପଡା ଜିଲ୍ଲା କୋମନା ବ୍ଲକ୍ ? ଦେଓଦରା ଗାଁରେ ୪ ପରିବାର ୧୩ ଜଣଙ୍କୁ ବାସନ୍ଦ କରିଛି ଚିନ୍ଦା ଭୁଞ୍ଜିଆ ଆଦିବାସୀ ସମାଜ। ୨୦୨୪ ନଭେମ୍ବର ୧୬ ତାରିଖରେ କୋମନା ରେଞ୍ଜ ଦେଓଦରା ଗାଁର ଦେବେନ୍ଦ୍ର ଚିନ୍ଦା, ଟିଙ୍କୁ ଚିନ୍ଦା, ପୁସ୍ତମ ଚିନ୍ଦା ଓ ଜଗବନ୍ଧୁ ଚିନ୍ଦା ଜଙ୍ଗଲରେ ଫାସ ବସାଇଥିଲେ। ଦୁର୍ଭାଗ୍ୟକୁ ସେହି ଫାସରେ






ଗୋଟିଏ କଲରାପତରିଆ ବାଘ ପଡି ମରିଯାଇଥିଲା। ଏହି ୪ ଜଣ ବାଘର ମୃତଦେହକୁ ନଦୀ କୂଳକୁ ନେଇଯାଇଥିଲେ। ସେହି ସମୟରେ ସେମାନେ ଶୁଣିବାକୁ ପାଇଥିଲେ ବାଘ ମାଂସ ଖାଇଲେ କୌଣସି ରୋଗ ହେବନାହିଁ। ତେଣୁ ସେହି ୪ ଜଣ ମିଶି ବାଘକୁ କାଟି ଭୋଜି କରି ଖାଇ ଦେଇଥିଲେ।

## ମହର୍ଷି କଲେଜ ଅଫ୍ ନ୍ୟାଚୁରାଲ ଲ'ରେ ମହର୍ଷି ମହେଶ ଯୋଗୀଙ୍କ ୧୦୮ତମ ଜୟନ୍ତୀ ପାଳନ

ଭୁବନେଶ୍ୱର, ୧୩।୧(ପି.ଏନ): ସହୀଦ ନଗରସ୍ଥିତ ମହର୍ଷି କଲେଜ ଅଫ୍ ନ୍ୟାଚୁରାଲ ଲ' ପ୍ରାଙ୍ଗଣରେ ବିଶ୍ୱ ବିଖ୍ୟାତ ସନ୍ଥ ମହର୍ଷି ମହେଶ ଯୋଗୀଙ୍କର ୧୦୮ତମ ଜନ୍ମ ଜୟନ୍ତୀ ମହା ସମାରୋହରେ ପାଳିତ ହୋଇଯାଇଛି। ସକାଳ ୧୦ ଘଟିକାରେ ଅତିଥିମାନଙ୍କ ଦ୍ୱାରା ମହର୍ଷି ମହେଶ ଯୋଗୀଙ୍କ ପ୍ରତିମୂର୍ତ୍ତିରେ ପୁଷ୍ପମାଲ୍ୟ ଅର୍ପଣ ସହ ଗୁରୁ ପରମ୍ପରା ପୂଜନ ଅନୁଷ୍ଠିତ ହୋଇଥିଲା। ମହାବିଦ୍ୟାଳୟର ଅଧ୍ୟକ୍ଷ ଡକ୍ଟର ଲୋକନାଥ ପରିଡ଼ାଙ୍କ ସଭାପତିତ୍ୱରେ ଅନୁଷ୍ଠିତ କାର୍ଯ୍ୟକ୍ରମରେ ଆମନ୍ତ୍ରିତ ଅତିଥି ମହର୍ଷି ପବ୍ଲିକ ସ୍କୁଲ ସମୂହ ତଥା ଅର୍ନ୍ତଜାତୀୟ ବୈଦିକ ଫାଉଣ୍ଡେସନ ଅଧ୍ୟକ୍ଷ ତଥା ମହର୍ଷିଙ୍କ ପ୍ରମୁଖ ଶିଷ୍ୟ ଡକ୍ଟର ପବିତ୍ର ମୋହନ ସାମନ୍ତରାୟ ମହର୍ଷିଙ୍କ ଜୀବନ ଦର୍ଶନ ଭାବାତିତ ଧ୍ୟାନ ସିଦ୍ଧି କାର୍ଯ୍ୟକ୍ରମ ଓ ବେଦ ବିଜ୍ଞାନ ଉପରେ ଆଲୋଚନା କରିଥିଲେ। ଅନ୍ୟତମ ବକ୍ତା ଭାବାତିତ ଧ୍ୟାନ ଯୋଗ ଶିକ୍ଷକ ଅଶୋକ କୁମାର ସାହୁ ମହର୍ଷିଙ୍କ ପ୍ରଣୀତ ଭାବାତିତ ଧ୍ୟାନ ସମ୍ପର୍କରେ ଉପସ୍ଥିତ ଶିକ୍ଷକ, ଶିକ୍ଷୟତ୍ରୀ, କର୍ମଚାରୀ ବୃନ୍ଦ ଓ ଛାତ୍ର/ଛାତ୍ରୀମାନଙ୍କୁ ଅବଗତ କରାଇଥିଲେ। ବିଶ୍ୱଶାନ୍ତି କଲ୍ୟାଣାର୍ଥେ ତଥା ମହର୍ଷି ଦୈବିୟ ଅମର ଆତ୍ମାର ସଦ୍‌ଗତି ନିମନ୍ତେ ପଣ୍ଡିତ ଖଗପତି ଉପାଧ୍ୟାୟଙ୍କ ଦ୍ୱାରା ଏକ ଗାୟତ୍ରୀ ଯଜ୍ଞ ସମ୍ପନ୍ନ କରାଯାଇଥିଲା। ଉକ୍ତ କାର୍ଯ୍ୟକ୍ରମରେ ଏଡୁନମ୍, ଦିଲ୍ଲୀର ନିର୍ଦ୍ଦେଶକ ଲମ୍ବୋଦର ରାଉତ, ସୂଚନା ଟି.ଭି.ର ମୁଖ୍ୟ ବିଜୟ କୁମାର ଦାସ, ଦୈନିକ ପର୍ଯ୍ୟବେକ୍ଷକର ପ୍ରତିନିଧି ସ୍ୱର୍ଣ୍ଣପ୍ରଭା ନାୟକ, ଦି'କଳିଙ୍ଗ କ୍ରୋନିକିଲିର ପ୍ରତିନିଧି ପ୍ରିୟବ୍ରତ ନାୟକ, ଅଧ୍ୟାପିକା ଜ୍ୟୋର୍ତିମୟୀ ଦାଶ, ଲିଳାକ୍ଷୀ ପଣ୍ଡା, ମାନସୀ ପଟ୍ଟନାୟକ, ଉର୍ମି ଦେବୀ, ମଧୁସ୍ମିତା ମହାନ୍ତି, ଅଧ୍ୟାପକ ମିହିର ରଞ୍ଜନ ଶରଣ, ସୁରେନ୍ଦ୍ର ଭୂୟାଁ, ଶ୍ରୀମନ୍ତ କୁମାର ବାରିକ, ଆଶୁତୋଷ ତ୍ରିପାଠୀ, ଉମେଶ ଚନ୍ଦ୍ର ପ୍ରଧାନ, ସାଇସରଣ ମହାପାତ୍ର, ପ୍ରଶାନ୍ତ କୁମାର ମିଶ୍ର, ଦିବାକର ନାୟକ, ଦିବ୍ୟନାରାୟଣ ପ୍ରଧାନ ତପନ ମହାନ୍ତି ପ୍ରମୁଖ କର୍ମଚାରୀବୃନ୍ଦ ଉପସ୍ଥିତ ଥିଲେ। ଧ୍ୟାନ ଶିକ୍ଷକ ତଥା ବରିଷ୍ଠ ସହାୟକ ମୁରଲି ଧର ସାହୁ ପରିଚାଳନା କରିଥିଲେ।





## ଶ୍ରୀମତୀ ପାରିଜାତ ଶତପଥୀ ଓ ହେନା ମହାପାତ୍ରଙ୍କୁ ରତ୍ନଶ୍ରୀ ପୁରସ୍କାର





ଭୁବନେଶ୍ୱର, ୧୩।୧(ପି.ଏନ): ଯୋଗ ପର୍ଯ୍ୟାବରଣ ଏବଂ ସମାଜ ସେବା କ୍ଷେତ୍ରରେ ଉଲ୍ଲେଖନୀୟ ଯୋଗଦାନ ପାଇଁ ଶ୍ରୀମତୀ ପାରିଜାତ ଶତପଥୀଙ୍କୁ ରତ୍ନଶ୍ରୀ ପୁରସ୍କାରରେ ସମ୍ମାନିତ କରାଯାଇଛି। ଶ୍ରୀମତୀ ଶତପଥୀ ଉତ୍ତରପ୍ରଦେଶସ୍ଥିତ କୋରଖପୁରଠାରେ କାର୍ଯ୍ୟରତ ଉତ୍ତର-ପୂର୍ବ ରେଳ ବିଭାଗର ପ୍ରଧାନ ମୁଖ୍ୟ ପ୍ରବନ୍ଧକ ଶ୍ରୀ ଅନୁପ ଶତପଥୀଙ୍କ ଧର୍ମପତ୍ନୀ ଅଟନ୍ତି । ସେହିପରି ଶିକ୍ଷା, ବେଦବିଜ୍ଞାନ ପ୍ରଚାର ପ୍ରସାର କ୍ଷେତ୍ରରେ ଦୀର୍ଘ ବର୍ଷ ଧରି କାର୍ଯ୍ୟରତ ଶ୍ରୀମତୀ ହେନା ମହାପାତ୍ରଙ୍କୁ ମଧ୍ୟ ରତ୍ନଶ୍ରୀ ସମ୍ମାନରେ ସମ୍ମାନିତ କରାଯାଇଛି। ଶ୍ରୀମତୀ ମହାପାତ୍ର ମହର୍ଷି ପବ୍ଲିକ୍ ସ୍କୁଲ ସମୂହର ନିର୍ଦ୍ଦେଶିକା ଅଟନ୍ତି। ଭୁବନେଶ୍ୱରସ୍ଥିତ ମେ'ଫେୟାର ହଲରେ ବିଶ୍ୱ ଓଡ଼ିଆ ସମାଜ ଦ୍ୱାରା ଅନୁଷ୍ଠିତ ଉତ୍କଳ ଉତ୍ସବ କାର୍ଯ୍ୟକ୍ରମରେ ଓଡ଼ିଶାର ସହରାଞ୍ଚଳ ବିକାଶ ଏବଂ ଗୃହ ନିର୍ମାଣ ମନ୍ତ୍ରୀ ଡକ୍ଟର କୃଷ୍ଣ ଚନ୍ଦ୍ର ମହାପାତ୍ର ଉଭୟଙ୍କୁ ସମ୍ବର୍ଦ୍ଧିତ କରିଥିଲେ। ଏହି ଅବସରରେ ଭୁବନେଶ୍ୱର ପୂର୍ବତନ ସାଂସଦ ଡକ୍ଟର ପ୍ରସନ୍ନ ପାଟଶାଣୀ, ପୂର୍ବତନ ମନ୍ତ୍ରୀ ତଥା ପିସିସି ସଭାପତି ଶ୍ରୀ ପ୍ରସାଦ ହରିଚନ୍ଦନ, ୱାର୍ଲ୍ଡ ଓଡ଼ିଶା ସୋସାଇଟିର ଅଧ୍ୟକ୍ଷ କିଶୋର ଦ୍ୱିବେଦୀ ଓ ଶୋଭନୀୟ ଆନ୍ଦୋଳନର ଅଧ୍ୟକ୍ଷା ଡକ୍ଟର ଅରୁନ୍ଧତି ଦେବୀ ପ୍ରମୁଖ ଉପସ୍ଥିତ ଥିଲେ। ଭର୍ଚ୍ୟୁଆଲ ମୋଡ଼ରେ ଅନୁଷ୍ଠିତ ହୋଇଥିବା ଏହି କାର୍ଯ୍ୟକ୍ରମରେ ପ୍ରବାସୀ ଓଡ଼ିଆମାନେ ଉଭୟ ଅଫ୍ ଲାଇନ ଓ ଅନଲାଇନ ମାଧ୍ୟମରେ ଯୋଗଦାନ କରିଥିଲେ। ଓଡ଼ିଶାର ସମୃଦ୍ଧି ଓ ବିକାଶରେ ପ୍ରବାସୀ ଓଡ଼ିଆମାନଙ୍କ ଯୋଗଦାନ ତଥା ଓଡ଼ିଶା ଓ ଓଡ଼ିଶା ବାହାରେ କାର୍ଯ୍ୟରତ ଅନେକ ବ୍ୟକ୍ତିବିଶେଷଙ୍କୁ ସମ୍ବର୍ଦ୍ଧିତ କରାଯାଇଥିଲା। ଉକ୍ତ କାର୍ଯ୍ୟକ୍ରମ ସୁଶ୍ରୀ କାବେରୀ ବେହେରା ତଥା ଅନ୍ୟାନ୍ୟ ସହଯୋଗୀମାନେ ପରିଚାଳନା କରିଥିଲେ।

## ୬୫ ବର୍ଷରେ ଜଙ୍ଗଲ ହିରୋ ମହେନ୍ଦ୍ର ବୁଜିଲା ଆଖ

ବାରିପଦା, ୧୩।୧(ପି.ଏନ): ମୟୁରଭଞ୍ଜ ଶିମିଳିପାଳରେ ଆଉ ଶୁଭିବନି ହନ୍ତାହାତୀ ମହେନ୍ଦ୍ରର ଗର୍ଜନ। ୬୫ ବର୍ଷ ବୟସରେ ଶେଷ ନିଶ୍ୱାସ ତ୍ୟାଗ କରିଛି ଶିମିଳିପାଳର ହିରୋ ମହେନ୍ଦ୍ର । ବାର୍ଦ୍ଧକ୍ୟ କାରଣରୁ ମହେନ୍ଦ୍ର ଶରୀର ଦୁର୍ବଳ ହୋଇଯାଇଥିଲା । ଯେଉଁ କାରଣରୁ ଅଧିକାଂଶ ସମୟ ସେ ଅସୁସ୍ଥ ମଧ୍ୟ ରହୁଥିଲା । ଚିକିତ୍ସାଧୀନ ଅବସ୍ଥାରେ ରବିବାର ବିଳମ୍ବିତ ରାତି ୯ଟା ବାଜି ୪୫ ମିନିଟରେ ତା'ର ମୃତ୍ୟୁ ଘଟିଯାଇଛି । ୨୦୧୯ରେ ମହେନ୍ଦ୍ରକୁ ବାଘଣୀ ସୁନ୍ଦରୀକୁ ଜଗିବା କାର୍ଯ୍ୟରେ ନିୟୋଜିତ କରାଯାଇଥିଲା ।

## ଖାଇବା ନେଇ ଆସିଥିଲେ ବାପା ମାଆ, ଦେଖିଲେ ହଷ୍ଟେଲରେ ଝୁଲୁଛି ପୁଅର ମୃତଦେହ

ଭୁବନେଶ୍ୱର, ୧୩।୧(ପି.ଏନ): ଖଡଗପୁର ଆଇଆଇଟିରେ ଇଞ୍ଜିନିୟରିଂ ପଢୁଥିବା ନିଜ ପୁଅକୁ ଭେଟିବାକୁ ଯାଇଥିଲେ ବାପା ମାଆ। ପ୍ରତି ରିବାବର ଭଳି ଏଥର ମଧ୍ୟ ପୁଅ ପାଇଁ ତା' ମନ ପସନ୍ଦର ଖାଦ୍ୟ ତିଆରି କରି ନେଇଥିଲେ। ହେଲେ ଯାହା ଦେଖିଲେ, ପାଦ ତଳୁ ମାଟି ଖସିଗଲା। ବାପା ମାଆଙ୍କ ଡାକ ପୁଅ ନଶୁଣିବାରୁ ହଷ୍ଟେଲ ରୁମ କବାଟ ଭଙ୍ଗା ଯାଇଥିଲା। ଆଉ ରୁମ ଭିତରେ ପଙ୍ଖାରେ ଝୁଲୁଥିଲା ବଢ଼ିଲା ପୁଅର ମୃତଦେହ। ସୂଚନା ଅନୁସାରେ ଆଇଆଇଟି ଖଡ଼ଗପୁରରେ ଶ୍ୱାନ ମଲିକ ଇଲେକ୍ଟ୍ରିକାଲ ଇଞ୍ଜିନିୟରିଂ ତୃତୀୟ ବର୍ଷରେ ପଢୁଥିଲେ। ସେ ଏଠାରେ ଆଜାଦ ହଲ୍ ଛାତ୍ର ନିବାସରେ ରହୁଥିଲେ। ଖଡ଼ଗପୁର ଆଇଆଇଟି ନିର୍ଦ୍ଦେଶକ ଅମିତ ପାତ୍ରଙ୍କ କହିବା ଅନୁସାରେ ଶ୍ୱାନଙ୍କୁ ଭେଟିବାକୁ ପ୍ରତି ରବିବାର ଭଳି ଏଥର ମଧ୍ୟ ତାଙ୍କ ବାପା ମାଆ ଆସିଥିଲେ। ହେଲେ ବହୁତ ଡାକିବା ପରେ ମଧ୍ୟ ପୁଅ ନଶୁଣିବାରୁ ସୁରକ୍ଷା କର୍ମୀଙ୍କ ସହଯୋଗରେ କବାଟ ଭାଙ୍ଗିବାକୁ ପଡ଼ିଥିଲା। ଆଉ ଭିତରେ ଶ୍ୱାନଙ୍କ ମୃତଦେହ ଝୁଲୁଥିବା ଦେଖିବାକୁ ମିଳିଥିଲା। ତେବେ ସେ କଣ ପାଇଁ ଏଭଳି ଚରମ ପଦକ୍ଷେପ ନେଲେ, ତାହା ସ୍ପଷ୍ଟ ହୋଇନାହିଁ। ଏପରିକି ଘଟଣାସ୍ଥଳରୁ କୌଣସି ସୁଇସାଇଡ ନୋଟ ମଧ୍ୟ ମିଳିନାହିଁ।


## କେଶରୀୟା ହିନ୍ଦୁ ବାହିନୀ ଓଡ଼ିଶା ସଂଗଠନ ତରଫରୁ ରାଜ୍ୟସ୍ତରୀୟ 'ଯୁବ ଦିବସ' ଏବଂ 'ସମ୍ବର୍ଦ୍ଧନା' ସଭା ଅନୁଷ୍ଠିତ

ଭୁବନେଶ୍ୱର, ୧୩।୧(ପି.ଏନ): ରବିବାର ଦିନ ୧୧ ଘଣ୍ଟା ସମୟରେ ହିନ୍ଦୁ ଧର୍ମ ର ମାର୍ଗଦର୍ଶକ ତଥା ଯୁଗ ପୁରୁଷ ସ୍ୱାମୀ ବିବେକାନନ୍ଦ ଙ୍କ ଜୟନ୍ତୀ ଅବସରରେ ଭୁବନେଶ୍ୱର ସ୍ଥିତ କେଶରୀୟା ହିନ୍ଦୁ ବାହିନୀ ଓଡ଼ିଶା ସଂଗଠନ ତରଫରୁ ଭୁବନେଶ୍ୱର ସ୍ଥିତ ରାଜ୍ୟ କାର୍ଯ୍ୟାଳୟ ଠାରେ ରାଜ୍ୟ ସ୍ତରୀୟ ଯୁବ ଦିବସ ପାଳନ କରାଗଲା। ତତ୍ ସହିତ ଏକ ରାଜ୍ୟ ସ୍ତରୀୟ ସମ୍ବର୍ଦ୍ଧନା ସଭା ଏବଂ ସାଙ୍ଗଠନିକ ବୈଠକ ମଧ୍ୟ ଅନୁଷ୍ଠିତ କରାଗଲା। ସକାଳ ୧୦ ଘଣ୍ଟା ସମୟରେ ପ୍ରାରମ୍ଭ ହୋଇଥିବା କାର୍ଯ୍ୟକ୍ରମ ରେ ରାଜ୍ୟ କମିଟି ଏବଂ ସମସ୍ତ ମୋର୍ଚ୍ଚା ର ଭୁବନେଶ୍ୱର ଜିଲ୍ଲା କମିଟି ( ମୁଖ୍ୟତଃ ଭୁବନେଶ୍ୱର ଜିଲ୍ଲା ର ଯୁବ ମୋର୍ଚ୍ଚା ) ର ପଦାଧିକାରୀ ଓ କାର୍ଯ୍ୟକର୍ତ୍ତା ମାନଙ୍କ ଉପସ୍ଥିତି ରେ ସର୍ବପ୍ରଥମେ ସ୍ୱାମୀ ବିବେକାନନ୍ଦ ଙ୍କ ପ୍ରତିମୂର୍ତ୍ତି ରେ ପୁଷ୍ପମାଲ୍ୟ ଅର୍ପଣ କରାଯିବା ସହ ରାସ୍ତା କଡ଼ରେ ଲୋକଙ୍କୁ ମିଷ୍ଟାନ୍ନ ବଣ୍ଟନ କରାଗଲା। ତାପରେ ରାଜ୍ୟ କାର୍ଯ୍ୟାଳୟ ଠାରେ ଏକ ସମ୍ବର୍ଦ୍ଧନା ସଭା ସହ ଏକ ସାଙ୍ଗଠନିକ ବୈଠକ ମଧ୍ୟ ଅନୁଷ୍ଠିତ ହୋଇଥିଲା। ଏହି ସାଙ୍ଗଠନିକ ବୈଠକ ରେ ସଂଗଠନ ର ଆଗାମୀ ଦିନ ର କାର୍ଯ୍ୟପନ୍ଥା ଉପରେ ଆଲୋଚନା କରାଗଲା। ଏବଂ ସଂଗଠନ କୁ ତୃଣ ମୂଳ ସ୍ତର ରୁ ସୁଦୃଢ଼ କରିବା ପାଇଁ ଆଲୋଚନା କରାଗଲା। ତତ୍ ସହିତ ଆଜି ଅନୁଷ୍ଠିତ ହୋଇଥିବା ସମ୍ବର୍ଦ୍ଧନା ସଭା ରେ ନୂତନ ଭାବେ ଦାୟିତ୍ୱ ନେଇଥିବା ସମସ୍ତ ମୋର୍ଚ୍ଚା ର ରାଜ୍ୟ ପଦାଧିକାରୀ ଏବଂ ଭୁବନେଶ୍ୱର ସାଙ୍ଗଠନିକ ଜିଲ୍ଲା ର ସମସ୍ତ ପଦାଧିକାରୀ ଓ କାର୍ଯ୍ୟକର୍ତ୍ତା ମାନଙ୍କୁ ସମ୍ବର୍ଦ୍ଧିତ କରାଗଲା। ତତ୍ ସହିତ ନୂତନ ଭାବେ ଗଠିତ ହୋଇଥିବା କୋର କମିଟି ର ସଭାପତି, ଉପସଭାପତି, ସାଧାରଣ ସମ୍ପାଦକ ଏବଂ କୋର୍ କମିଟି ର ସଦସ୍ୟ ମାନଙ୍କୁ ମଧ୍ୟ ସମ୍ବର୍ଦ୍ଧିତ କରାଗଲା। ରାଜ୍ୟ ସଭାପତି ସନ୍ତୋଷ ଭୋଳ ଙ୍କ ନେତୃତ୍ୱ ରେ ଅନୁଷ୍ଠିତ ହୋଇଥିବା ଏହି କାର୍ଯ୍ୟକ୍ରମ ରେ ମୁଖ୍ୟ ଅତିଥି ରୂପେ ସଂଗଠନ ର ମୁଖ୍ୟ ଉପଦେଷ୍ଟା ଶ୍ରୀ ପୀୟୂଷ ମହାନ୍ତି ଓ ସଂଗଠନ ର ପ୍ରତିଷ୍ଠାତା ଶ୍ରୀ ଦିଲୀପ କୁମାର ଦାସ ଯୋଗଦାନ କରିଥିବା ବେଳେ ସମ୍ମାନିତ ଅତିଥି ରୂପେ ବିଶିଷ୍ଟ ସମାଜ ସେବୀ ରୁଦ୍ର ସାମନ୍ତରାୟ, ବରିଷ୍ଠ ବି.ଜେ.ପି ନେତା ଡ. ପଞ୍ଚାନନ ନାୟକ, ଏବଂ ରାଜ୍ୟ ବି. ଜେ.ପି ସଂଯୋଜକ ଅଜିତ ଦାଶ ଯୋଗଦାନ କରିଥିଲେ ଏତତ୍ ବ୍ୟତୀତ ରାଜ୍ୟ କୋର୍ କମିଟି ସଭାପତି ରବୀନ୍ଦ୍ର କୁମାର ଶତପଥୀ, ରାଜ୍ୟ କୋର୍ କମିଟି ଉପସଭାପତି ପ୍ରସନ୍ନ ମହାନ୍ତି, ରାଜ୍ୟ କାର୍ଯ୍ୟକାରୀ ସଭାପତି ରୁଦ୍ର ନାରାୟଣ ଜିତ୍ ବାବୁ, ରାଜ୍ୟ ମାର୍ଗଦର୍ଶକ ତଥା ରାଜ୍ୟ କୋର୍ କମିଟି ସାଧାରଣ ସମ୍ପାଦକ ପ୍ରଦ୍ୟୁମ୍ନ ଦାଶ, ରାଜ୍ୟ ଉପସଭାପତି ଆର୍ଯ୍ୟବ୍ରତ ସାମଲ, ସଞ୍ଜୟ କୁମାର ବାରିକ, ବ୍ରହ୍ମ ପ୍ରସାଦ ମହାପାତ୍ର, ଅସିତ୍ ମହାନ୍ତି, ରାଜ୍ୟ ସାଧାରଣ ସମ୍ପାଦକ ଅମରେଶ ସାମନ୍ତ, ରାଜ୍ୟ ସମ୍ପାଦକ ଅଞ୍ଜନ ତ୍ରିପାଠୀ, ଅନିଲ ମହାନ୍ତି, ଆଲ୍ଲୁ ରାୟ, ପ୍ରିୟବ୍ରତ ରାଉତ, ରାଜ୍ୟ ପ୍ରବକ୍ତା ନିଗମାନନ୍ଦ ଜେନା, ରାଜ୍ୟ ରାଲି ପ୍ରମୁଖ ନିଗମ ମହାନ୍ତି, ରାଜ୍ୟ କୋଷାଧ୍ୟକ୍ଷ ଦେବାଶିଷ ମିଶ୍ର, ରାଜ୍ୟ ଆଇନ୍ ପରାମର୍ଶଦାତା ଗୋପାଳ କୃଷ୍ଣ ପଟ୍ଟନାୟକ, ରାଜ୍ୟ ମିଡ଼ିଆ ପ୍ରଭାରୀ ଗୌର ଗିରି ଦାସ, ସୁଶାନ୍ତ ଦାସ, ରାଜ୍ୟ ପ୍ରଚାରକ ଜଗଦୀଶ ମିଶ୍ର, ରାଜ୍ୟ ସଂଯୋଜକ ଅକ୍ଷୟ କୁମାର ପଟ୍ଟନାୟକ, ରାଜ୍ୟ ସହ ସଂଯୋଜକ ଅଶୋକ ଗଣ୍ଡିଆ, ରାଜ୍ୟ କାର୍ଯ୍ୟକାରିଣୀ ସଦସ୍ୟ ତ୍ରିଲୋଚନ ଦାସ, କମଳାକାନ୍ତ ମହାଲିକ, ରାଜ୍ୟ ମହିଳା ମୋର୍ଚ୍ଚା ସଭାପତି ବନ୍ଦନା ଦାଶ କାନୁନଗୋ, ରାଜ୍ୟ ଯୁବ ମୋର୍ଚ୍ଚା ସଭାପତି ସନ୍ତୋଷ ବେହେରା, ରାଜ୍ୟ ଯୁବ ମୋର୍ଚ୍ଚା ସାଧାରଣ ସମ୍ପାଦକ ସଂଗ୍ରାମ ଭୁୟାଁ, ଭୁବନେଶ୍ୱର ଜିଲ୍ଲା ଯୁବ ମୋର୍ଚ୍ଚା ସଭାପତି ସାର୍ଥକ ମହାପାତ୍ର, ଭୁବନେଶ୍ୱର ଜିଲ୍ଲା ଯୁବ ମୋର୍ଚ୍ଚା ସାଧାରଣ ସମ୍ପାଦକ ରାଜୀବ ମିଶ୍ର, ଭୁବନେଶ୍ୱର ଜିଲ୍ଲା ମୁଖ୍ୟ ମୋର୍ଚ୍ଚା ସଭାପତି ପ୍ରଣବ ଦାସ, ଭୁବନେଶ୍ୱର ଜିଲ୍ଲା ମିଡ଼ିଆ ପ୍ରଭାରୀ ନରେଶ ବାରିକ ତଥା ସଂଗଠନ ର ଅନ୍ୟାନ୍ୟ ପ୍ରମୁଖ ପଦାଧିକାରୀ ଓ କାର୍ଯ୍ୟକର୍ତ୍ତା ଉପସ୍ଥିତ ଥିଲେ।




## ୧୫ ତାରିଖରେ ହେବାକୁ ଥିବା ୟୁଜିସି-ଏନଇଟି ପରୀକ୍ଷା ସ୍ଥଗିତ

ଭୁବନେଶ୍ୱର, ୧୩।୧(ପି.ଏନ): ଜାନୁଆରୀ ୧୫ତାରିଖରେ ହେବାକୁ ଥିବା ନେଟ୍ ପରୀକ୍ଷାକୁ ସ୍ଥଗିତ ରଖାଯାଇଛି। ପୋଙ୍ଗଲ, ମକର ସଂକ୍ରାନ୍ତି ଏବଂ ଏହି ତାରିଖରେ ପାଳନ ହେବାକୁ ଥିବା ଅନ୍ୟାନ୍ୟ ପର୍ବପର୍ବାଣୀକୁ ଦୃଷ୍ଟିରେ ରଖି ଏଭଳି ନିଷ୍ପତ୍ତି ନେଇଛି ନ୍ୟାସନାଲ ଟେଷ୍ଟିଂ ଏଜେନ୍ସି। ପରୀକ୍ଷା ସ୍ଥଗିତ ରଖାଯିବା ସମ୍ପର୍କରେ ଏନଟିଏ ଆଧିକାରୀକ ୱେବସାଇଟ୍ ugcnet.nta.ac.inରେ ବିଜ୍ଞପ୍ତି ପ୍ରକାଶ ପାଇଛି। ତେବେ ଜାନୁଆରୀ ୧୫ତାରିଖରେ ଗଣଯୋଗାଯୋଗର ନେଟ୍ ପରୀକ୍ଷା ହେବାକୁ ପୂର୍ବରୁ ସୂଚୀ ପ୍ରକାଶ ପାଇଥିଲା। ଯାହାକୁ ବର୍ତ୍ତମାନ ପାଇଁ ସ୍ଥଗିତ ରଖାଯାଇଛି। ଖୁବଶୀଘ୍ର ଏହି ପରୀକ୍ଷାର ନୂଆ ତାରିଖ ଘୋଷଣା କରାଯିବ। ଅନ୍ୟପଟେ ଜାନୁଆରୀ ୧୬ ତାରିଖରେ ହେବାକୁ ଥିବା ପରୀକ୍ଷା ପୂର୍ବ ନିର୍ଦ୍ଧାରିତ କାର୍ଯ୍ୟସୂଚୀ ଅନୁଯାୟୀ ଅନୁଷ୍ଠିତ ହେବ।










# ଟି ଟାଇମ୍

## ବର ମାରେ ୩ଥର ଶର



ବିଭିନ୍ନ ଦେଶରେ ଭିନ୍ନ ଭିନ୍ନ ଜାତିର ଲୋକ ବାସ କରନ୍ତି । ଏଥିପାଇଁ ସମସ୍ତଙ୍କର ରୀତିନୀତି ମଧ୍ୟ ଭିନ୍ନ ଭିନ୍ନ । ବିବାହ ସମୟରେ ପାଳନ କରାଯାଉଥିବା ପରମ୍ପରା ମଧ୍ୟ ଅନେକ ପ୍ରକାର ରହିଥାଏ । ବିବାହକୁ ନେଇ ଚୀନ୍‌ରେ ଏକ ଭିନ୍ନ ପରମ୍ପରା ରହିଛି । ଚୀନ୍‌ର ୟୁଗୁର ସମ୍ପ୍ରଦାୟରେ ଦୁଇ ଦିନ ପର୍ଯ୍ୟନ୍ତ ଚାଲିଥିବା ଏହି ବିବାହ ମହୋତ୍ସବରେ ପ୍ରଥମେ ପ୍ରଥମେ ବଡ଼ ଧୁମ୍‌ଧାମ୍‌ରେ ବର ବଧୂଙ୍କର ବିବାହ କରାଯାଇଥାଏ । ପରେ ଏଠାରେ ରୀତିନୀତି ଅନୁସାରେ ବରକୁ ତିନିଥର ନିଜ ବଧୂକୁ ଧନୁଶରରେ ମାରିବାକୁ ପଡିଥାଏ । ଭଲକଥା ଏହା ହେଉଛି କି ତୀରର ଅଗ୍ରଭାଗରେ ଲାଗିଥିବା ଲୁହାକୁ କଢାଯାଇଥାଏ । କାରଣ ଏହାଫଳରେ ବଧୂ କିମ୍ବା ଅନ୍ୟ କାହାରିକୁ ଆଘାତ ନଲାଗେ । ଏହାପରେ ବର ଏହି ତୀର ଏବଂ ଧନୁକୁ ଭାଙ୍ଗି ଦେଇଥାଏ । ଏସବୁ ଏଥିପାଇଁ କରାଯାଇଥାଏ କାରଣ ବର ଏବଂ ବଧୂ ବୈବାହିକ ଜୀବନ ସୁଖମୟ ହେବା ସହିତ ସମ୍ପର୍କ ମଜଭୁତ ହୋଇଥାଏ ।

## ମଧୁମେହଜନିତ ଦୃଷ୍ଟିହୀନ ଚିକିତ୍ସାର ନୂଆ ଦିଗ

ମଧୁମେହ ଯୋଗୁଁ ଦୃଷ୍ଟିହୀନତାର ଶିକାର ହେଇଥିବା ରୋଗୀଙ୍କ ଦୃଷ୍ଟିଶକ୍ତି ଫେରାଇ ଆଣିବା ଦିଗରେ ଆମେରିକାର ଗବେଷକମାନେ ନୂଆ ଉପାୟ ବାହାର କରିଛନ୍ତି। ମଧୁମେହ ଯୋଗୁଁ ଚକ୍ଷୁର ଦୃଶ୍ୟପଟଳ (ରେଟିନା) ପ୍ରଭାବିତ ହୋଇ ରୋଗୀ ଦୃଷ୍ଟିଶକ୍ତି ହରାଇଥାଏ। ଦୁର୍ବଳ ରକ୍ତ ଧମନୀରୁ



ରକ୍ତ କିମ୍ବା ଫ୍ଲୁଇଡ ନିର୍ଗତ ହୋଇ ରେଟିନାକୁ କ୍ଷତି ପହଞ୍ଚାଇଥାଏ। ଚକ୍ଷୁର ରକ୍ତ ଧମନୀକୁ (ଲେଜର ସିଲିଂ) ପ୍ରୋଟିନ ଚର୍ବିର ଆବରଣ ଦ୍ୱାରା ସୁରକ୍ଷିତ ରଖିବା ସହିତ ଏହାକୁ ପରିବର୍ତ୍ତନ କରାଗଲେ ଦୃଷ୍ଟିଶକ୍ତି ଫେରିପାରିବ। ଆମେରିକାର ଏକ ଜର୍ଣ୍ଣାଲରେ ପ୍ରକାଶ ପାଇଥିବା ତଥ୍ୟ ଅନୁଯାୟୀ ଜନ ହପକିନ୍ସ ବିଶ୍ୱବିଦ୍ୟାଳୟ ଓ ୟୁନିଭରସିଟି ଅଫ ମେରିଲାଣ୍ଡର ଗବେଷକମାନେ ଏହି ସଫଳତା ପାଇଛନ୍ତି। ଆମେରିକାର ୪୫% ମଧୁମେହ ରୋଗୀ ଦୃଷ୍ଟିହୀନତାର ଶିକାର ହୋଇଥାନ୍ତି। ଲେଜର ସିଲିଂ ଦ୍ୱାରା ଏହାର ଚିକିତ୍ସା କରାଯିବା ସମ୍ଭବ। ନିକଟରେ ବାହାର କରାଯାଇଥିବା କେତେକ ଔଷଧ ଯଥା ବେଭାସିଜୁମାବ, ରାନିବିଜୁମାବ ଓ ଆଫଲିବେରସେପ୍ଟ ଏହି ଚିକିତ୍ସା ପାଇଁ କିଛିଟା ସହାୟକ ହୋଇପାରିଛି।

## ‘ବବି ଜାସୁସ୍’ର ସିକ୍ୱେଲ କରିବେ ଦୀୟା



ଅଭିନୟରୁ ପ୍ରଯୋଜନାରେ ପ୍ରବେଶ କରିଥିବା ଦୀୟା ମିର୍ଜା ୨୦୧୪ରେ ନିର୍ମାଣ କରିଥିଲେ ଫିଲ୍ମ ‘ବବି ଜାସୁସ୍’। ଏହି ଫିଲ୍ମର ଲିଡ୍‌ରେ ରହିଥିଲେ ବିଦ୍ୟା ବାଲାନ୍। ଏହି କମେଡି ଡ୍ରାମା ଫିଲ୍ମଟି ବକ୍ସ ଅଫିସରେ ଭଲ ଆୟ କରିନଥିଲେ ମଧ୍ୟ ଦର୍ଶକଙ୍କ ଭଲ ପାଇବା ମିଳିଥିଲା। ଏବେ ଦୀୟା ଏହାର ସିକ୍ୱେଲ ନିର୍ମାଣ କରିବା ପାଇଁ ଯୋଜନା କରୁଛନ୍ତି ବୋଲି ଶୁଣିବାକୁ ମିଳିଛି। ନିକଟରେ ଏକ କାର୍ଯ୍ୟକ୍ରମରେ ଯୋଗ ଦେବା ସମୟରେ ଦୀୟା ଏହି ସୂଚନା ଦେଇଛନ୍ତି। ସେ କହିଛନ୍ତି, ସାଧାରଣତଃ ପୂର୍ବ ଫିଲ୍ମର ଆୟକୁ ନେଇ ଫିଲ୍ମର ସିକ୍ୱେଲ ନିର୍ମାଣ କରାଯାଇଥାଏ। କିନ୍ତୁ ଆମ ପୂର୍ବ ଫିଲ୍ମ ବକ୍ସ ଅଫିସରେ କମାଲ କରିନଥିଲେ ମଧ୍ୟ ଦର୍ଶକଙ୍କୁ ମନୋରଞ୍ଜନ କରିଥିଲା। ସେଥିପାଇଁ ଏହାର ସିକ୍ୱେଲ ନିର୍ମାଣ କରିବା ନେଇ ମନ ବଳାଇଛୁ। ଦୀୟାଙ୍କ ମୁହଁରୁ ଏହା ଶୁଣିବା ପରେ ଦେଖିବାକୁ ବାକି ରହିଲା କି ଏହାର ସିକ୍ୱେଲ ନିର୍ମାଣ କେବେ ଆରମ୍ଭ ହେଉଛି।

# ପୁରାଣ କାହାଣୀ

## ମା’କାଳୀ ଓ ରାମକୃଷ୍ଣ ପରମହଂସ

ହିନ୍ଦୁ ଧର୍ମରେ କାର୍ତ୍ତିକ ମାସକୁ ଧର୍ମର ମାସ ବୋଲି କୁହାଯାଏ । କାହିଁକିନା ଏହି ମାସରେ ନାନା ପର୍ବପର୍ବାଣି ପଡ଼ିଥାଏ ଓ ସମସ୍ତେ ଓଷା ବ୍ରତ କରି ପୁଣ୍ୟ ଅର୍ଜନ କରିବାକୁ ଚାହିଁଥାନ୍ତି । ଇତିମଧ୍ୟରୁ କାର୍ତ୍ତିକ ଅମାବାସ୍ୟା ଅନ୍ୟତମ । କାର୍ତ୍ତିକ ଅମାବାସ୍ୟାକୁ ବଡ଼ ଦୀପାବଳି ବୋଲି କୁହାଯାଏ । କାରଣ ଏହି ଦିନ ଲକ୍ଷ୍ମୀ ଓ ଗଣେଷଙ୍କୁ ପୂଜା କରାଯାଏ । ଏହି ଦିନ ମା’ଦୁର୍ଗାଙ୍କ ଚାମୁଣ୍ଡା ବା ଚଣ୍ଡି ରୂପ ଧାରଣ କରି ଚଣ୍ଡ, ମୁଣ୍ଡ ଓ ରକ୍ତବୀର୍ଯ୍ୟ ଇତ୍ୟାଦିଙ୍କୁ ବିନାଶ କରି ଦେବଗଣଙ୍କୁ ମୁକ୍ତ କରିଥିଲେ ଓ ଶାନ୍ତି ଫେରାଇ ଆଣିଥିଲେ । ଏଥିପାଇଁ ବାଣ, ରୋଷଣି ଓ ଦୀପାବଳିର ଉତ୍ସବ ମାଧ୍ୟମରେ ଏହି ପର୍ବ ପାଳନ କରାଯାଏ ।



ଚଣ୍ଡିପୁରାଣ ଓ ମାର୍କଣ୍ଡେୟ ପୁରାଣ ଅନୁଯାୟୀ ଶୁମ୍ଭ, ନିଶୁମ୍ଭ, ଚଣ୍ଡ, ମୁଣ୍ଡ ଓ ରକ୍ତବୀର୍ଯ୍ୟ ଇତ୍ୟାଦି ଅସୁରମାନେ ଦେବୀ ଦୁର୍ଗାଙ୍କୁ ଧରିବା ପାଇଁ ସୈନ୍ୟ ସାମନ୍ତ ଧରି ଆସିଥିଲେ । ସେମାନଙ୍କର ଦେବୀ ଦୁର୍ଗାଙ୍କ ସହ ଯୁଦ୍ଧ ମଧ୍ୟ ହେଲା । ସବୁ ରାକ୍ଷସ ମଧ୍ୟରେ ଥିବା ରକ୍ତବୀର୍ଯ୍ୟ ରାକ୍ଷସ ବ୍ରହ୍ମାଙ୍କଠାରୁ ବରଦାନ ପ୍ରାପ୍ତ କରିଥିଲା । ତା’ଶରୀରର ଗୋଟିଏ ରକ୍ତବିନ୍ଦୁ ଭୂମିଷ୍ଠ ହେଲେ ସେଥିରୁ ତା’ ଭଳି ଅନେକ ରାକ୍ଷସ ଜନ୍ମନେବେ । ଏପରି ସ୍ଥଳରେ ରକ୍ତବୀର୍ଯ୍ୟର ଉତ୍ପାତକୁ ବିନାଶ କରିବା ପାଇଁ ମା’ଦୁର୍ଗା କାଳୀ ରୂପ ଧାରଣ କରିଥିଲେ ଓ ରକ୍ତବୀର୍ଯ୍ୟର ଗୋଟିଏ ବି ରକ୍ତ ବିନ୍ଦୁ ଭୂମିଷ୍ଠ ହେବାକୁ ଦେଇନଥିଲେ । ସେତେବେଳେ ସେ ଏତେ କ୍ଷୁବ୍ଧ ଥିଲେ ଯେ, ଯେପରି ସବୁ ସୃଷ୍ଟି ଧ୍ୱଂସ ପାଇଯିବ । ଏ ବିଷୟ ମହାଦେବ ଜାଣିପାରି ତାଙ୍କୁ ଅଟକାଇବା ପାଇଁ ତାଙ୍କ ସମ୍ମୁଖରେ ପଡ଼ିଗଲେ । ତଥାପି ସେ ରାଗରେ ଥିବାରୁ ମହାଦେବଙ୍କ ଉପରେ ପାଦ ରଖିଦେଇଥିଲେ । ଯେତେବେଳେ ସେ ଶିବଙ୍କୁ ତାଙ୍କ ପାଦ ତଳେ ଦେଖିବାକୁ ପାଇଲେ ସେତେବେଳେ ହଠାତ ଜିଭ କାମୁଡ଼ି ଦେଇଥିଲେ । ପରେ ସେ ପ୍ରକୃତିସ୍ଥ ଏବଂ ସ୍ଥିତପ୍ରଜ୍ଞ ହୋଇଗଲେ । ମା’ଙ୍କର ସେହି ମହାକାଳୀ ରୂପକୁ ଆଜିର ଦିନରେ ପୂଜା କରାଯାଏ । ସେହି ମା’ ହିଁ ଆଦ୍ୟାଶକ୍ତି, ସେ ହିଁ ସୃଷ୍ଟି ଓ ପ୍ରଳୟ । ଯୁଗେ ଯୁଗେ ଦୁଷ୍ଟ ଶକ୍ତିକୁ ସଂହାର କରିବା ପାଇଁ ମା’କାଳୀ ରୂପ ଧାରଣ କରି ଧରା ପୃଷ୍ଠରେ ଅବତରଣ କରନ୍ତି।

## ଥକ୍କାପଣ ଦୂର କରିବ ପ୍ରୋଟିନ୍ ଖାଦ୍ୟ

ଅଧିକାଂଶ ସମୟ ଲୋକଙ୍କର ଅଭିଯୋଗ ରହିଆସିଛି ଯେ, ସେମାନେ ଅଳ୍ପ କାମ ରେ ଜଲଦି ଥକିପଡ଼ନ୍ତି । କିଛି ବ୍ୟକ୍ତି ଏଭଳି ବି ଅଛନ୍ତି ଯିଏ କିଛି କାମ ନ କରି ମଧ୍ୟ ଥକ୍କା ଅନୁଭବ କରିଥାନ୍ତି। ଶରୀରରେ ଶକ୍ତିର କମି ଫଳରେ ଜଣେ ବ୍ୟକ୍ତି ଥକ୍କା ଅନୁବବ କରିଥାଏ । ତେଣୁ ଶରୀରକୁ ଶକ୍ତିଶାଳୀ ବନାଇବାପାଇଁ ଆପଣ ଆପଣଙ୍କ ଖାଦ୍ୟରେ ଦିନଚର୍ଯ୍ୟାରେ ପ୍ରୋଟିନ୍ ଯୁକ୍ତ ଖାଦ୍ୟ ସାମିଲ କରନ୍ତୁ । ପୂରା ଦିନ ପାଣି କିମ୍ବା କିଛି ତରଳ ପଦାର୍ଥ ପିଇବା ଉଚିତ୍ । ପାଣି ଶରୀରର ହାନୀକାରକ ତତ୍ତ୍ୱକୁ ବାହାରକୁ ବାହାର କରି ଶାରୀରିକ ପ୍ରଣାଳୀରେ ନୂତନ ଶକ୍ତି ସୃଷ୍ଟି କରିଥାଏ । ସର୍ବତ, ଫଳରସ, ନଡ଼ିଆ ପାଣି ଭଳି ପାଣି ଜିନିଷ ପିଇବା ଉଚିତ୍ । ଶାରୀରିକ ସତେଜ ରହିବା ପାଇଁ ପ୍ରୋଟୀନ୍ ଯୁକ୍ତ ଖାଦ୍ୟ ନିଜ ଖାଦ୍ୟରେ ଗ୍ରହଣ କରିବା ଉଚିତ୍ । କାର୍ବୋହାଇଡ୍ରେଟ୍ରୁ ଶରୀରକୁ ଶକ୍ତି ମିଳିଥାଏ। ଫଳମାନଙ୍କ ମଧ୍ୟରେ କମଳା, ଆତାବି, ଲିଚି ଆଦି ଖାଇବା ଉଚିତ୍ । ଏଥିରେ ପ୍ରଚୁର ମାତ୍ରାରେ ଗ୍ଲୁକୋଜ ରହିଥାଏ । କ୍ଷୀରରେ ମହୁ ମିଶାଇ ଓ କଦଳୀର ସେକ୍ ପିଇଲେ ଶରୀରକୁ ଭଲ ଶକ୍ତି ମିଳିଥାଏ । ସବୁଠାରୁ ମହତ୍ତ୍ୱପୂର୍ଣ୍ଣ କଥା ହେଉଛି ଆପଣ ପୂରା ଦିନ ଯେତେ କାମ କରିଲେ ମଧ୍ୟ ୭ରୁ ୮ ଘଣ୍ଟାର ନୀଦ ପୂରା କରିବା ଉଚିତ୍ । ଏଭଳି କଲେ ପର ଆପଣଙ୍କୁ ସଠିକ୍ ଶକ୍ତି ମିଳିପାରିବ । ଯେବେ ବି ଥକ୍କାପଣ ଅନୁଭବ ହୁଏ ତେବେ ୧୫ କିମ୍ବା ୨୦ମିନିଟ୍‌ର ବିଶ୍ରାମ ଯେମିତି ହେଲେ ନେବେ । ନୀଦ ପୂରା ନହେଲେ ଶରୀରର ଓଜନ ମଧ୍ୟ ବଢ଼ିଥାଏ ଓ ଥକ୍କାପଣ ଜଲଦି ଆସିଯାଇଥାଏ ।



## ସବୁଠାରୁ ଛୋଟିଆ ଗାଁ

ଦୁଇ ତିନି ଜଣ ଲୋକଙ୍କୁ ନେଇ ଗ୍ରାମ ଗଠିତ ହେବା କେବେ ଜାଣିଛନ୍ତି । ସେଭଳି ଏକ ଗ୍ରାମ ଦେଖିବାକୁ ମିଳିଛି ସ୍ପେନ୍‌ରେ । ବିଗତ ୪୫ବର୍ଷ ହେବ ସ୍ୱାମୀ-ସ୍ତ୍ରୀ ହିଁ ରହିଆସୁଛନ୍ତି ସେ ଗ୍ରାମରେ । ସ୍ପେନ୍‌ରେ ୧୯୩୬ ମସିହାରେ ଏକ ଗୃହଯୁଦ୍ଧ ଦ୍ୱାରା ହଜାର ହଜାର ସଂଖ୍ୟାରେ ଲୋକ ସହରକୁ ପଳାଇଥିଲେ । ସେତେବେଳେ ଏହି ଛୋଟ ଗ୍ରାମରେ କେବଳ ଏହି ଦମ୍ପତି ହିଁ ଏକଲା ରହିଯାଇଥିଲେ । ଏହି ଗ୍ରାମରେ ପୂର୍ବରୁ ପାଖାପାଖି ୨୦୦ଲୋକ ରହୁଥିଲେ । କିନ୍ତୁ ଏବେ ପୂରା ଗ୍ରାମରେ କେବଳ ଦୁଇ ଲୋକ ରହୁଛନ୍ତି । ଏହି ଦମ୍ପତି ହେଉଛନ୍ତି ୮୨ବର୍ଷୀୟ ସ୍ପେନିଆଡ୍ରସ ଜୁଆନ ମାର୍ଟିନ୍ ଏବଂ ୭୯ବର୍ଷିୟା ସିନ୍‌ଫେରେସା କୋଲୋମର । ଏମାନଙ୍କ ପାଖରେ କିଛି ଡଜନ କୁକୁର ଏବଂ ବିଲେଇ ମଧ୍ୟ ରହିଛନ୍ତି । ଏହି ଦୁଇଜଣ ଚାଷ କରି ନିଜର ଗୁଜୁରାଣ ମେଣ୍ଟାନ୍ତି । ଏହି ଦମ୍ପତିଙ୍କ କାହାଣୀକୁ ନେଇ ‘ଜଙ୍ଗଲ୍ସ ଇନ୍ ପ୍ୟାରିସ’ ନାମକ ଏକ ଲଘୁ ଫିଲ୍ମ ମଧ୍ୟ ପ୍ରସ୍ତୁତ ହୋଇଗଲାଣି । ଦମ୍ପତିଙ୍କର ଗ୍ରାମ ସହିତ ଭାବନାତ୍ମକ ସମ୍ପର୍କ ଯୋଡ଼ି ହୋଇଯାଇଛି । ଯେଉଁ କାରଣରୁ ସେମାନେ ଗାଁ ଛାଡ଼ି କୁଆଡ଼େ ଯାଉନାହାନ୍ତି । ପୂର୍ବେ ଏ ଗ୍ରାମରେ ଜଣେ ମେୟର, ପୂଜାରୀ ଏବଂ ଶିକ୍ଷକ ସମସ୍ତେ ଥିଲେ । ଏକ ପ୍ରାକୃତିକ ଦୁର୍ବିପାକ ଘଟିବାରୁ ଅନେକ ମରିଗଲେ ଏବଂ ଅନେକ ସହରକୁ ଚାଲିଗଲେ, ସେବେଠାରୁ ସେ ଗାଁର ପୂର୍ବ ପରିସ୍ଥିତି ଫେରିନାହିଁ ।



## ଆସିୟୁରେ ହେଲା ବିବାହ

ପୁଣେ ସହରର ଏକ ଡାକ୍ତରଖାନା ଆସିୟୁରେ ବାହାଘର ସମ୍ପନ୍ନ ହେବା ସହରରେ ବଡ଼ ଚର୍ଚ୍ଚାର ବିଷୟ ପାଲଟିଛି। ଭେଣ୍ଟିଲେଟରରେ ମୃତ୍ୟୁ ସହ ସଂଗ୍ରାମ କରୁଥିବା ବାପାଙ୍କ ଶେଷ ଇଚ୍ଛା ପୂରଣ ପାଇଁ ପୁଅ ଏହି ପଦକ୍ଷେପ ନେଇଥିଲେ। ୩୪ବର୍ଷିୟ ଧ୍ୟାନେସ ଏନ୍.ଦେବ ପେଶାରେ ଜଣେ ବ୍ୟବସାୟୀ ହୋଇଥିଲା ବେଳେ ତାଙ୍କ ବାପାଙ୍କର ଇଚ୍ଛା ଥିଲା ଧ୍ୟାନେସ ଏବଂ ସୁବର୍ଣ୍ଣାଙ୍କ ବିବାହ ଦେଖିବେ। ବାହାଘର ପାଇଁ ସମସ୍ତ ପ୍ରସ୍ତୁତି ଚାଲିଥିଲା ବେଳେ ହଠାତ୍ ଅସୁସ୍ଥ ହୋଇପଡିଥିଲେ ଧ୍ୟାନେସଙ୍କ ବାପା ନନ୍ଦ କୁମାର ଦେବ। ତୁରନ୍ତ ନନ୍ଦ କୁମାରଙ୍କୁ ଦିନାନାଥ ମଙ୍ଗେସକର ଡାକ୍ତରଖାନାରେ ଭର୍ତ୍ତି କରାଯାଇଥିଲା। ହେଲେ ସେଠାରେ ତାଙ୍କ ଅବସ୍ଥା ଗୁରୁତର ହେବାରୁ ତାଙ୍କୁ ଭେଣ୍ଟିଲେଟରରେ ରଖାଯାଇଥିଲା। ବାପାଙ୍କ ସ୍ୱାସ୍ଥ୍ୟବସ୍ଥାକୁ ଦୃଷ୍ଟିରେ ରଖି ଧ୍ୟାନେସ ସୁବର୍ଣ୍ଣାଙ୍କ ପରିବାର ସହ ଡାକ୍ତରଖାନାରେ ବିବାହ କରିବା ସମ୍ପର୍କରେ ଆଲୋଚନା କରିଥିଲେ।



ଦୁଇ ପରିବାରର ସହମତି ପରେ ଏହି ଇଚ୍ଛାକୁ ଡାକ୍ତରଖାନା କର୍ତ୍ତୃପକ୍ଷଙ୍କୁ ଅବଗତ କରାଯାଇଥିଲା। ଆଉ ଏଥିରେ କର୍ତ୍ତୃପକ୍ଷ ମଧ୍ୟ ସହମତି ଦେଇଥିଲେ। ଦୁଇ ପରିବାରର କିଛି ସଦସ୍ୟଙ୍କ ଉପସ୍ଥିତିରେ ଆଇସିୟୁ ଭିତରେ ନନ୍ଦ କୁମାରଙ୍କ ଆଗରେ ଧ୍ୟାନେସ୍ ବରଣମାଳା ପିନ୍ଧାଇଥିଲେ ସୁବର୍ଣ୍ଣାଙ୍କୁ। ବିବାହର ୧୨ଘଣ୍ଟା ପରେ ଆଖି ବୁଜିଥିଲେ ନନ୍ଦ କୁମାର।

## ଆଜିର ଭାଗ୍ୟ

**ମେଷ** କାର୍ଯ୍ୟ ହାସଲ କ୍ଷେତ୍ରରେ ଜଣେ ପୂର୍ବତନ ବନ୍ଧୁ ସାହାଯ୍ୟ କରିବେ। ଆନୁଷ୍ଠାନିକ କାମରେ ସଫଳତା ପାଇବେ। ବ୍ୟବସାୟରେ ସାମାନ୍ୟ କ୍ଷତି ହୋଇପାରେ। ପରିବହନରେ ଉନ୍ନତି କରିବେ। ମହିଳାଙ୍କ ଭାତୃ ସମ୍ପର୍କ ବୃଦ୍ଧି ପାଇବ।

**ବୃଷ** ଅନ୍ୟମାନଙ୍କୁ ନିଜ ଆଡକୁ ଆକର୍ଷିତ କରିବା ପାଇଁ ବିଭିନ୍ନ ପ୍ରକାର ଚେଷ୍ଟା କରିବେ। ବନ୍ଧୁଙ୍କର ସହାନୁଭୂତି ଲାଭ କରିପାରନ୍ତି। ସ୍ଥଗିତ କାମକୁ ତ୍ୱରାନିତ କରିବେ। ମହିଳାମାନେ ସାଥିଙ୍କ ବାଟକୁ ଚାହିଁ ବସିବେ। ଦୂର ସ୍ଥାନକୁ ଭ୍ରମଣ ଯୋଗ ରହିଛି।

**ମିଥୁନ** କର୍ମକ୍ଷେତ୍ରରେ କେତେକ ଦିଗରୁ ଚାପର ସମ୍ମୁଖୀନ ହୋଇପାରନ୍ତି। ଧୈର୍ଯ୍ୟ ହରାନହୋଇ ପରିସ୍ଥିତିର ସାମ୍ନା କରିବେ। ସାମ୍ବାଦିକତା କ୍ଷେତ୍ରରେ ପ୍ରତିବନ୍ଧକର ସମ୍ମୁଖୀନ ହେବେ। ବ୍ୟବସାୟରେ ବନ୍ଧୁ ସମ୍ପର୍କ ପ୍ରେ ଓ ପ୍ରଣୟ କ୍ଷେତ୍ରରୁ ଅନୁକୂଳ ଫଳ ମିଳିବ।

**କର୍କଟ** ବନ୍ଧୁଙ୍କ ନିକଟୁ ସାହାଯ୍ୟ ପଅତିଶ୍ରୁତି ପାଇ ଆଶ୍ୱସ୍ତି ଅନୁଭବ କରିବେ। ପାରିବାରିକ ଅସ୍ଥିରତା ଓ ଅର୍ଥାଭାବ ପାଇଁ ମାନସିକ ଦ୍ୱନ୍ଦ ଭିତରେ ସମୟ କଟାଇବେ। ଆତ୍ମିୟମାନଙ୍କ ପରାମର୍ଶ ନେଇ କାର୍ଯ୍ୟ କ୍ଷେତ୍ରରେ ଉପକୃତ ହେବେ।

**ସିଂହ** ସମସ୍ୟାର ସମାଧାନ ପାଇଁ ବନ୍ଧୁଙ୍କ ଉପରେ ନିର୍ଭର କରିବାକୁ ପଡିପାରେ। କର୍ମକ୍ଷେତ୍ରରେ ନୂତନ ଯୋଜନା ଆରମ୍ଭ କରିପାରନ୍ତି। ବକେୟା ଟଙ୍କା ମିଳିବାର ଯୋଗ ରହିଛି। ପ୍ରତିଷ୍ଠିତ ବ୍ୟକ୍ତିଙ୍କ ପରୋକ୍ଷରେ ସାହାଯ୍ୟ ପ୍ରାପ୍ତି ହୋଇପାରେ।

**କନ୍ୟା** ହଠାତ୍ ଅର୍ଥ ସମ୍ପର୍କକୁ ନେଇ ଭାତୃ ବିବାଦ ଦେଖାଦେଇପାରେ। ପ୍ରେମରେ ପ୍ରତାରଣା ପାଇ କର୍ମକ୍ଷେତ୍ରରେ ପରିସ୍ଥିତିର ଚାପ ବୃଦ୍ଧି ପାଇବ। ସାମାନ୍ୟ ଶାରୀରିକ ଅସୁସ୍ଥତା ଅନୁଭବ କରିବେ। ମହିଳାଙ୍କ କ୍ଷେତ୍ରରେ ବିଭିନ୍ନ ପ୍ରକାରର ଶତ୍ରୁମାନେ କଟୁ କଥା କହିବେ।

**ତୁଳା** ଇଚ୍ଛା ନଥିଲେ ମଧ୍ୟ ସମୟ ଓ ପରିସ୍ଥିତିକୁ ନେଇ ବନ୍ଧୁଙ୍କ ସହ ବିତର୍କ ସୃଷ୍ଟି ହୋଇପାରେ। ନିଜ ଲୋକମାନେ ଈର୍ଷା ପରାୟଣ ହୋଇ ପରିସ୍ଥିତିକୁ ଜଟିଳ ରୂପ ଦେବାରେ ସମର୍ଥ ହେବେ। ଅର୍ଥ ସଂଗ୍ରହରେ ତତ୍ପରତା ପ୍ରକାଶ କରିବେ।

**ବିଛା** ପଡୋଶୀଙ୍କ ସହ ସମ୍ପର୍କ ମଧୁର ରଖିବାକୁ ଚେଷ୍ଟା କରିବେ। ବନ୍ଧୁଙ୍କ ସହ ସୌହାର୍ଦ୍ଧ୍ୟପୂର୍ଣ୍ଣ ଆଲୋଚନାରୁ ମନ ଖୁସି ରହିବ। ବିବାଦୀୟ ପରିସ୍ଥିତିର ଦୃଢ଼ ମୁକାବିଲା କରିବେ। ମହିଳାମାନେ ଭାବ ପ୍ରବଣତା ପ୍ରକାଶ କରିବେ।

**ଧନୁ** ସୁନ୍ଦର ମଧୁର କଥା କହି ଅନ୍ୟମାନଙ୍କୁ ଆକର୍ଷିତ କରି କାର୍ଯ୍ୟ ହାସଲ କରିବେ। ଶାରୀରିକ ଅସୁସ୍ଥତା ଫେରି ପାଇବ। ପାରିବାରିକ କ୍ଷେତ୍ର, ଯାତ୍ରା ଓ ଦାମ୍ପତ୍ୟ ଜୀବନରୁ ସୁଫଳ ପାଇବେ। ଦୂର ସ୍ଥାନକୁ ଯାତ୍ରା କରିପାରନ୍ତି। ମହିଳାଙ୍କ ମନୋବଳ ଦୃଢ଼ ରହିବ।

**ମକର** କୌଣସି ଅପରିଚିତ ବ୍ୟକ୍ତିଙ୍କ ଦ୍ୱାରା ଗୁରୁତ୍ୱ ପୂର୍ଣ୍ଣ କାର୍ଯ୍ୟ ହସଲ କରିବେ। ଭାବୁଥିବା କାମଟିକୁ ସମ୍ପୂର୍ଣ୍ଣ କରିବା ପାଇଁ ବନ୍ଧୁଙ୍କର ସାହାଯ୍ୟ ଭିକ୍ଷ୍ୟା କରିବେ। ଦାମ୍ପତ୍ୟ ଜୀବନରେ ତିକ୍ତତା ଦେଖାଦେଇପାରେ। ମହିଳାମାନେ ଅଶାନ୍ତି ରହିବେ।

**କୁମ୍ଭ** ଯେତେ ତ୍ୟାଗ ସ୍ୱିକାର କଲେ ମଧ୍ୟ ବନ୍ଧୁ ସହକର୍ମୀ ଓ ପଡୋଶୀଙ୍କର ଭୁଲ୍ ଧାରଣାକୁ ବଦଳାଇ ପାରିବେ ନାହିଁ। ଆୟ ଅପେକ୍ଷା ବ୍ୟୟ କ୍ରମଶଃ ବୃଦ୍ଧି ପାଇବ। ସ୍ତ୍ରୀଙ୍କ ସ୍ୱାସ୍ଥ୍ୟ ପାଇଁ ଚିନ୍ତିତ ରହିବେ। ଆକସ୍ମିକ ଭାବେ ଉପହାର ଦ୍ରବ୍ୟ ଲାଭ ହୋଇପାରେ।

**ମୀନ** କର୍ମକ୍ଷେତ୍ରରେ ସହଜ ସୁବିଧରେ କାମ ହାସଲ କରିବେ। ବନ୍ଧୁଙ୍କର ଆଦର ମନକୁ ଖୁସି ରଖିବ। ସଭା, ସମିତି, ରାଜନୀତି କ୍ଷେତ୍ରରେ ପ୍ରଶଂସିତ ହେବେ। ମହିଳାମାନେ ଅନ୍ୟଙ୍କ ସେବାରେ ବ୍ୟସ୍ତ ରହିବେ।




# ରଙ୍ଗ ନୁହେଁ ନାମ ପରିବର୍ତ୍ତନ ଦରକାର





ଜାନୁଆରୀ ୨୬ରେ ଯେତେବେଳେ ସମଗ୍ର ଦେଶ ଗଣତନ୍ତ୍ର ଦିବସ ପାଳନ କରୁଥିଲା, ୭୩ତମ ଗଣତନ୍ତ୍ର ଦିବସରେ ଜଣେ ଅନ୍ୟ ଜଣଙ୍କୁ ଶୁଭେଚ୍ଛା ଜଣାଉଥିଲା ଠିକ୍ ସେହି ସମୟରେ ଆନ୍ଧ୍ରପ୍ରଦେଶର ଗୁଣଟୁର ସ୍ଥିତ କୋଠାପେଟରେ ଜାତୀୟ ପତାକା ଉତୋଳନ କରିବାକୁ ଯାଉଥିବା ଯୁବକଙ୍କୁ ପୋଲିସ ଗିରଫ କରିନେଇଥିଲା । ତ୍ରିରଙ୍ଗା ଉତୋଳନ କରିବାର ଦଣ୍ଡ ଗିରଫଦାରୀ । ୩୦ ବର୍ଷ ପରେ ଶ୍ରୀନଗର ଲାଲ୍‌ଚୌକ ଅଂଚଳରେ ଥିବା କ୍ଲକ ଟାୱାର ବା ଘଂଟାଘର ଉପରେ ଯଦି ସେହି ସମୟରେ ଜାତୀୟ ପତାକା ଉଡା ଯାଇ ପାରିଲା ତେବେ କୋଠାପେଟରେ କାହିଁକି ତ୍ରିରଙ୍ଗା ଉଡାଯାଇପାରିଲା ନାହିଁ ! ସୂଚନାଯୋଗ୍ୟ ଯେ, ଘଂଟାଘର ଉପରେ ୩୦ ବର୍ଷ ପୂର୍ବେ ବରିଷ୍ଠ ବିଜେପି ନେତା ମୁରଲୀ ମନୋହର ଯୋଶୀ ୧୯୯୨ ମସିହାରେ ଜାତୀୟ ପତାକା ଉତୋଳନ କରିଥିଲେ । ଏବେ ଚର୍ଚ୍ଚା ଚାଲିଛି ତ୍ରିରଙ୍ଗା ନୁହେଁ ଜିନ୍ନା ଟାୱାର ସମ୍ମାନ ପାଇଁ କିଛି ଲୋକ ଲାଗିଛନ୍ତି । କୋଠାପେଟରେ ଜାତୀୟ ପତାକା ଉତୋଳନ କରିବାକୁ ଅନ୍ୟ କେହି ଅଟକାଇ ନଥିଲେ । ଦେଶର ଆଇନ ରକ୍ଷକମାନେ ତାଙ୍କୁ ଅଟକାଇ ଥିଲେ। ପୋଲିସ କହୁଛି କୋଠାପେଟ ଅଂଚଳରେ ନିଷେଧାଜ୍ଞ ଜାରି କରାଯାଇଥିଲା । ଏଠାରେ ପତାକା ଉତୋଳନ କଲେ ପରିବେଶ ଖରାପ ହୋଇଥାନ୍ତା । ଯୁବକମାନେ ନିଷେଧାଦେଶ ଉଲ୍ଲଂଘନ କରି ଜିନ୍ନା ଟାୱାର ଉପରେ ପତାକା ଉତୋଳନ କରିବାକୁ ଯାଉଥିଲେ ତେଣୁ ତାଙ୍କୁ ସ୍ଥାନୀୟ ପୋଲିସ ଷ୍ଟେସନକୁ ନିଆଯାଇ ପରେ ଛାଡି ଦିଆଯାଇଛି । ପୋଲିସର ସଫେଇ ଯାହା ହେଉନା କାହିଁକି, ଜିନ୍ନାଙ୍କ ସମ୍ମାନରେ ତ୍ରିରଙ୍ଗାର ଅପମାନ ଠିକ୍ ହେଲା ନାହିଁ ।

ଏବେ ପ୍ରଶ୍ନ ଉଠୁଛି ଯେଉଁମାନେ ଜାତୀୟ ପତାକା ଉତୋଳନ କରିବାକୁ ଯାଉଥିଲେ ସେମାନେ ମହତ୍ କାର୍ଯ୍ୟ କରୁଥିଲେ ନା ଦେଶଦ୍ରୋହୀ କାର୍ଯ୍ୟ କରୁଥିଲେ ? ଆନ୍ଧ୍ରପ୍ରଦେଶର ଗୁଣଟୁର ସ୍ଥିତ କୋଠାପେଟ ଭାରତରେ ନା ଭାରତ ବାହାରେ ? ତେବେ କଣ ପାଇଁ ଏଭଳି ମହାନ କାମ କରିବାକୁ ଯାଉଥିବା ଯୁବକମାନଙ୍କୁ ଅଟକାଇ ଦିଆଗଲା ? ତ୍ରିରଙ୍ଗା ଉତୋଳନ କରିବା କଣ ଅପରାଧ ? ଜିନ୍ନା ଟାୱାର ସମ୍ମାନ ବଡ ନା ତ୍ରିରଙ୍ଗାର ସମ୍ମାନ ବଡ ? ଜିନ୍ନା ଟାୱାର ସମ୍ମାନ ରଖିବା ଚକରରେ ଏଠି ଜାତୀୟ ପତାକାକୁ ଅପମାନ କରାଯାଇଛି । ଦୁଃଖର ବିଷୟ ଆଜି ବି କିଛି ରାଜନୈତିକ ଦଳ ଜିନ୍ନାଙ୍କୁ ସର୍ଦ୍ଦାର ପଟେଲଙ୍କ ସହୁତ ତୁଳନା କରୁଛନ୍ତି । ଜିନ୍ନା ଚୌକ, ଜିନ୍ନା ଟାୱାର, ଟିପୁ ସୁଲତାନ ମୈଦାନ ଆଦି ନାମ କରଣକୁ ରଖିବାକୁ ଚାହୁଁଛନ୍ତି । ଭୋଟ ବ୍ୟାଙ୍କ ଚକରରେ ତାଲିବାନର ଗୁଣଗାନ, ଜିନ୍ନା ମହାନ କହିବାକୁ ବାଧ ହେଉଛନ୍ତି । ତୁଷ୍ଟିକରଣ ଭାଇରସ ଯୋଗୁଁ ଏପରି ହେଉଛି । ସ୍ୱାଧୀନତାର ୭୪ ବର୍ଷ ବିତି ଯାଇଥିଲେ ମଧ୍ୟ କାହିଁକି ଆମେ ଦେଶ ବିଭାଜନକାରୀଙ୍କ ନାମକୁ ଜପାମାଳି କରି ରଖିବା । ଏବେ ପ୍ରଶ୍ନ ଉଠୁଛି କେଉଁଦିନ ଟିପୁ ସୁଲତାନ ମୈଦାନ ନାମ ହଟାଇ ଦିଆଯିବ ? କେଉଁ ଦିନ ଜିନ୍ନା ଟାୱାର ନାମ ହଟାଇ ଦିଆଯିବ ?

ମହମ୍ମଦ ଅଲ୍ଲୀ ଜିନ୍ନା ହେଉଛନ୍ତି ଭାରତକୁ ଭାଗ ଭାଗ କରିଥିବା ବ୍ୟକ୍ତି । ସେ ଦେଶର ବିଭାଜନ ପାଇଁ ଦାୟୀ । ଜିନ୍ନାଙ୍କ ଯୋଗୁଁ ଭାରତର ଯେଉଁ ବିଭାଜନ ହେଲା ସେହି ସମୟରେ ଲକ୍ଷ ଲକ୍ଷ ଜନତାଙ୍କର ଜୀବନ ଯାଇଛି । କୋଟି କୋଟି ଲୋକ ବେଘର ହୋଇ ଯାଇଛନ୍ତି । ସେହି ବିଭାଜନର କ୍ଷତ ଏପର୍ଯ୍ୟନ୍ତ ଶୁଖିନାହିଁ । ଜିନ୍ନା ଟାୱାର ଆମ ଦେଶ ପାଇଁ କି କାମରେ ଲାଗିବ ? ଆଗାମୀ ପୀଢିମାନେ ଜିନ୍ନା ଟାୱାର ଦେଖି ଦେଶପ୍ରେମ ନା ଦେଶଦ୍ରୋହ କଥା ଶିଖିବେ ? ସ୍ୱାଧୀନତା ପାଇବାର ଅନେକ ଦିନ ବିତି ଯାଇଥିଲେ ମଧ୍ୟ ଆମେ କେଉଁଠାରେ ପହଁଚିଛୁ ? ମୌଳିକ ଅଧିକାରର କଥା ସବୁବେଳେ କହୁଛୁ ହେଲେ ଗୁଣଟୁରରେ ଯେଉଁମାନେ ଜାତୀୟ ପତାକା ଉତୋଳନ କରିବାକୁ ଗଲେ ସେମାନଙ୍କର ମୌଳିକ ଅଧିକାର କୁଆଡେ ଗଲା ? ଏଠି ସେକୁଲାରଜିମ ଆଡରେ ସଂଖ୍ୟାଲଘୁ ତୁଷ୍ଟିକରଣକୁ ଥାପି ଦିଆଯାଉଛି । ଭାରତୀୟ ସଂସ୍କୃତି, ବିଚାରକୁ ଥଟ୍ଟାମଜାରେ ଉଡାଇ ଦିଆଯାଉଛି । ସଂଖ୍ୟାଲଘୁ ସୁରକ୍ଷା ଆଳରେ ସେମାନେ କରୁଥିବା ବଡ ବଡ ଘଟଣାକୁ ମାଫ୍ କରି ଦିଆଯାଉଛି । ସ୍କୁଲ କଲେଜ ଯାଉଥିବା ଛୋଟ ପିଲାଙ୍କ ସହିତ ତୁଳନା କରି ଛାଡି ଦିଆଯାଉଛି । ଯେଉଁଥିପାଇଁକି ସେମାନେ ଦେଶ ବିରୋଧରେ ଯାଇ ଚିକେନ୍‌ନେକକୁ ଅଲଗା କରିବା ପାଇଁ କହୁଛନ୍ତି, ସୀମା ଆରପଟେ ଥିବା ବିରୋଧୀଙ୍କ ସପକ୍ଷରେ କଥା କହୁଛନ୍ତି । ଏହା ରାଷ୍ଟ୍ରବାଦ ନୁହେଁ ଅରାଷ୍ଟ୍ରବାଦ । ଗୁଣଟୁରରେ ଜାତୀୟ ପତାକା ଉତୋଳନ କରିବାକୁ ଅଟକାଇ ଦିଆଗଲା, ସେଥିପାଇଁ ଦେଶର ପ୍ରତ୍ୟେକ ନାଗରୀକଙ୍କ ମନରେ ଦୁଃଖ ଆସିବା ଦରକାର ।

ସେଦିନର କେଇଜଣ ଯୁବକମାନଙ୍କର ଆନ୍ଦୋଳନ ଯୋଗୁଁ ଆଜି ଜିନ୍ନା ଟାୱାର ରଙ୍ଗ ବଦଳି ଯାଇଛି । ଏହି ଜିନ୍ନା ଟାୱାର ତ୍ରିରଙ୍ଗା ରଙ୍ଗରେ ରଙ୍ଗାୟିତ ହୋଇଛି । ଏଥିସହିତ ଜାତୀୟ ପତାକା ଉତୋଳନ ପାଇଁ ମଧ୍ୟ ବ୍ୟବସ୍ଥା ହୋଇଛି । ଏସବକୁ କାମ ପାଇଁ କିଛି ନେତା ବିଜେପି ଉପରେ ଦୋଷ ଲଦୁଛନ୍ତି । ଗୁଣଟୁର ମେୟର କବିତା ମନୋହର କହୁଛନ୍ତି ଯେ କିଛିଦିନ ହେଲା ବିଜେପିର କର୍ମୀମାନେ ଏ ଘଟଣାକୁ ନେଇ ଅନାବଶ୍ୟକ ବିବାଦ ସୃଷ୍ଟି କରୁଛନ୍ତି । ଏବେ କିନ୍ତୁ ଦାବି ହେଉଛି ରଙ୍ଗ ବଦଳାଇ ଦେଲେ ଚଳିବ ନାହିଁ, ନାମ ବଦଳାଇବାକୁ ହେବ । ଆନ୍ଧ୍ରପ୍ରଦେଶର ବିଜେପି ପ୍ରଭାରୀ ସୁନୀଲ ଦେଓଧର କହିଛନ୍ତି ଯେ,ଜିନ୍ନା ଟାୱାର ନାମ ପରିବର୍ତନ ନହେବା ପର୍ଯ୍ୟନ୍ତ ଆନ୍ଦୋଳନ ଜାରି ରହିବ । ଠିକ୍ ଅଛି, ଜିନ୍ନା ଟାୱାରକୁ ତ୍ରିରଙ୍ଗା ରଙ୍ଗରେ ରଙ୍ଗ କରାଯାଇଛି । ଏହାର ନାମ ମଧ୍ୟ ପରିବର୍ତନ କରାଯିବା ଉଚିତ । କାରଣ ଜିନ୍ନା ଭାରତୀୟ ଆତ୍ମାକୁ ଦମନ କରିବାର ପ୍ରତୀକ । ଜିନ୍ନା ଆଉ ଆଉରଙ୍ଗଜେବଙ୍କ ମଧ୍ୟରେ କୌଣସି ପାର୍ଥକ୍ୟ ନାହଁ । ଯେପରି ଆଉରଙ୍ଗଜେବ ରୋଡର ନାମ ବଦଳାଯାଇଛି ଠିକ୍ ସେହିପରି ଜିନ୍ନା ଟାୱାର ନାମ ବଦଳାଯାଇ ଏ ପି ଜେ ଅବଦୁଲ କଲାମ ଟାୱାର ନାମ ହେବା ଉଚିତ ।

# ଜଳନ୍ଧର ଶକ୍ତିପୀଠ, ପଞ୍ଜାବ

ଜଳନ୍ଧର ଶକ୍ତିପୀଠ ବା 'ତ୍ରିପୁରମାଳିନୀ' ମନ୍ଦର ହିନ୍ଦୁମାନଙ୍କ ପାଇଁ ଏକ ପ୍ରମୁଖ ଧାର୍ମିକ ସ୍ଥାନ ଭାବେ ପରିଚିତ। ଏହି ଶକ୍ତିପୀଠ ଦେବୀ "ତାଲାବ" ମନ୍ଦିର ପାଇଁ ଜଣାଶୁଣା। ଏହି ମନ୍ଦିର ଭାରତର ପଞ୍ଜାବ ରାଜ୍ୟ ଅନ୍ତର୍ଗତ ଜଳନ୍ଧର ଠାରେ ଅବସ୍ଥିତ। ଏହି ମନ୍ଦିର ବହୁ ବର୍ଷର ପୁରୁଣା ବୋଲି କୁହାଯାଏ। ଏହି ମନ୍ଦିର ପାଖରେ ଥିବା ଏକ ପୋଖରୀକୁ ଅତି ପବିତ୍ର ବୋଲି ଗ୍ରହଣ କାରାଯାଏ।

ଦେବୀ ଭାଗବତ ପୁରାଣରେ ୧୦୮, କାଳିକା ପୁରାଣରେ ୨୬, ଶିବଚରିତରେ ୫୧, ଦୁର୍ଗାଶପ୍ତସତୀ ଏବଂ ତନ୍ତ୍ର ଚୂଡ଼ାମଣିରେ ଭାରତୀୟ ଉପମହାଦେଶରେ ଥିବା ଶକ୍ତିପୀଠ ଗୁଡ଼ିକର ସଂଖ୍ୟା ୫୨ ବୋଲି କୁହା ଯାଇଛି। ମାତ୍ର ଶକ୍ତିପୀଠ ସଂଖ୍ୟା ୫୧ଟି ବୋଲି କେତେକ ମତ ଦିଅନ୍ତି। ତେବେ ତନ୍ତ୍ର ଚୂଡ଼ାମଣିରେ ୫୨ ଟି ଶକ୍ତିପୀଠ ସଂପର୍କରେ କୁହାଯାଇଛି। ତେବେ ମାତା ସତୀଙ୍କ ୫୧ଟି ଶକ୍ତିପୀଠ ମାନଙ୍କ ମଧ୍ୟରେ "ଜଳନ୍ଧର ଶକ୍ତିପୀଠ" ବା ତାଲାବ ମନ୍ଦିର ଅନ୍ୟତମ। ଏହି ଶକ୍ତିପୀଠ ହିନ୍ଦୁ ମାନଙ୍କର ପ୍ରମୁଖ ଧାର୍ମିକ ସ୍ଥଳ ଭାବେ ବେଶ୍ ପରିଚିତ। ଏହି ଶକ୍ତିପୀଠ ସାରା ଭାରତରେ ବିଖ୍ୟାତ।







ହିନ୍ଦୁ ପୁରାଣ ଶାସ୍ତ୍ର ଅନୁଯାୟୀ ବ୍ରହ୍ମାଣ୍ଡ ସରଂଚନା ପାଇଁ ଭଗବାନ ବ୍ରହ୍ମା, ଭଗବାନ ମହାଦେବ ଓ ଭଗବାନ ବିଷ୍ଣୁ ତାଙ୍କର ତଥା କଥିତ ମାତା ଆଦିଶକ୍ତିଙ୍କୁ ସନ୍ତୁଷ୍ଟି ପାଇଁ ଏକ ଯଜ୍ଞର ଆୟୋଜନ କଲେ। ମା'ଶକ୍ତି ମଧ୍ୟ ଏଥିରେ ବ୍ରହ୍ମାଙ୍କୁ ସହଯୋଗ ଦେଲେ। ତେବେ ବ୍ରହ୍ମାଙ୍କ ପୁତ୍ର ଦକ୍ଷରାଜ ପିତାଙ୍କ ନିର୍ଦ୍ଦେଶରେ ମା' ଶକ୍ତିଙ୍କୁ ନିଜର ଝିଅ ରୂପରେ ପାଇବାକୁ ବିଭିନ୍ନ ଯଜ୍ଞ ଆଦି ଉପାସନା କଲେ। ଶେଷରେ ମା'ଶକ୍ତି ମାନବ ରୂପରେ ଜନ୍ମ ନେଲେ। ଏହା ପଛରେ ବ୍ରହ୍ମାଙ୍କର ଉଦ୍ଦେଶ୍ୟ ଥିଲା ଯେ, ଭଗବାନ ଶିବଙ୍କ ସହ ଶକ୍ତିଙ୍କର ମିଶ୍ରଣ କରାଇ ସୃଷ୍ଟି ସଂରଚନା କରିବା ପାଇଁ। ସେଥିପାଇଁ ସେ ତାଙ୍କର ନାମକରଣ କରିଥିଲେ ସତୀ। ମାତ୍ର କୌଣସି ପ୍ରକାର ମାତା ସତୀଙ୍କୁ ଶିବ ବିବାହ କରି କୈଳାଶ ପର୍ବତ ନେଇଗଲେ। ଏହା ଜାଣିପାରି ଦକ୍ଷଙ୍କ ରାଗ ଚରମ ସୀମାରେ ପହଂଚିଗଲା। ଶିବଙ୍କୁ ସବୁ ଦେବୀ ଦେବତାଙ୍କ ସାମ୍ନାରେ ଅପମାନିତ କରିବା ପାଇଁ ଦକ୍ଷ ମୁନିମଣ୍ଡଳ ଠାରେ ଏକ ଯଜ୍ଞର ଆୟୋଜନ କଲେ। ଝିଅ ସତୀ ଓ ଜ୍ୱାଇଁ ଶିବଙ୍କୁ ନିମନ୍ତ୍ରଣ କଲେ ନାହିଁ। ଏଥିରେ ନିଜକୁ ଅପମାନିତ ବୋଧ କରି ସତୀ ସ୍ୱଂୟ ବାପାଙ୍କ ଯଜ୍ଞ ସ୍ଥଳରେ ପହଂଚି ଯାହା ଦେଖିଲେ ଆଖିକୁ ବିଶ୍ୱାସ କଲେ ନାହିଁ। ବାପା ଦକ୍ଷ କିଛି ଆଦର ଗଉର ନକରି ଝିଅ ଜ୍ୱାଇଁଙ୍କୁ ଅପମାନ ସୂଚକ ଶବ୍ଦ ସବୁ ଶୁଣାଇଲେ। ସେହିକ୍ଷଣି ବାପାଙ୍କ ଅପମାନକୁ ସହ୍ୟ କରି ନପାରି ମାତା ସତୀ ଅଗ୍ନି କୁଣ୍ଡରେ ଆତ୍ମଦାହ କଲେ। ତ୍ରିକାଳଦର୍ଶୀ ଶିବ ଏ ଖବର ଜାଣି ସେଠାରେ ପହଞ୍ଚିଲେ ଓ ଗଭୀର ଦୁଃଖରେ ସତୀଙ୍କ ମର ଶରୀର ଧରି ତାଣ୍ଡବ ନୃତ୍ୟ କରିବାକୁ ଲାଗିଲେ। ଏହାଦ୍ୱାରା ସାରା ବ୍ରହ୍ମାଣ୍ଡ ପ୍ରକମ୍ପିତ ହୋଇ ଉଠିଲା। ସବୁଆଡ଼େ ଚାଲିଲା ଧ୍ୱଂସଲୀଳା। ଦେବ ଦେବୀ ମାନେ ଏହାର ସମାଧାନ ବା ଭଗବାନ ଶିବଙ୍କ କ୍ରୋଧକୁ ଶାନ୍ତ କରିବା ପାଇଁ କିଛି ଉପାୟ ବାହାର କରିବାକୁ ଭଗବାନ ବ୍ରହ୍ମା ଓ ଭଗବାନ ବିଷ୍ଣୁଙ୍କୁ ଅନୁରୋଧ କଲେ। ଧ୍ୱଂସଲୀଳା ବନ୍ଦ କରି ବ୍ରହ୍ମାଣ୍ଡରେ ଶାନ୍ତି ସ୍ଥାପନ ପାଇଁ ଭଗବାନ ବ୍ରହ୍ମା ଭଗବାନ ବିଷ୍ଣୁଙ୍କୁ ଅନୁରୋଧ କଲେ। ଭଗବାନ ବିଷ୍ଣୁ ଅନୁଭବ କଲେ ଯେ, ଯେପର୍ଯ୍ୟନ୍ତ ଭଗବାନ ଶିବଙ୍କ ହସ୍ତରୁ ମାତା ସତୀଙ୍କ ମର ଶରୀର ଅଲଗା ହୋଇନାହିଁ, ସେପର୍ଯ୍ୟନ୍ତ ଭଗବାନ ଶିବ ଶାନ୍ତ ହେବେ ନାହିଁ କି ବ୍ରହ୍ମାଣ୍ଡ ଧ୍ୱଂସାଭିମୁଖିରୁ ବର୍ତ୍ତିବ ନାହିଁ। ଏଣୁ ବ୍ରହ୍ମାଣ୍ଡ ରକ୍ଷା ପାଇଁ ସଙ୍ଗେସଙ୍ଗେ ଭଗବାନ ଶିବ ଧରିଥିବା ମାତା ସତୀଙ୍କ ମର ଶରୀରକୁ ଖଣ୍ଡ ବିଖଣ୍ଡିତ କରି ଆତ୍ମା ରହିତ କରିବାକୁ ଭଗବାନ ବିଷ୍ଣୁ ନିଜର ସୁଦର୍ଶନ ଚକ୍ରକୁ ଆଦେଶ ଦେଲେ। କିଛିକ୍ଷଣ ମଧ୍ୟରେ ସୁଦର୍ଶନ ଚକ୍ର ମା'ସତୀଙ୍କ ଶରୀରକୁ ଖଣ୍ଡ ବିଖଣ୍ଡିତ କରିଦେଲା ଓ ମା'ଙ୍କ ଶରୀରର ବିଭିନ୍ନ ଅଂଶ ଭାରତୀୟ ଉପମହାଦେଶର ଅନେକ ସ୍ଥାନରେ ବିଛିହୋଇ ପଡ଼ିଲା। ଦୁଃଖରେ ମ୍ରିୟମାଣ ଭଗବାନ ଶିବ ସତୀଙ୍କ ବିଖଣ୍ଡିତ ଅଙ୍ଗ ଖୋଜିବା ଆରମ୍ଭ କଲେ। ଏଥିରେ ସହାୟତା କଲେ ଭଗବାନ ଭୈରବ। ସର୍ବଶେଷରେ ମାତା ସତୀଙ୍କ ଅଙ୍ଗର ମୁଖ୍ୟାଂଶ ସମେତ ସମସ୍ତ ଖଣ୍ଡକୁ ଖୋଜି ପୂଜାର୍ଚ୍ଚନା ତଥା ଖଣ୍ଡଗୁଡ଼ିକୁ ସୁରକ୍ଷା ଦେବାକୁ ଭଗବାନ ଭୈରବଙ୍କୁ ନିର୍ଦ୍ଦେଶ ଦେଲେ ଭଗବାନ ବ୍ରହ୍ମା। ସେହି ଦୁର୍ଲଭ ସ୍ଥାନ ଗୁଡ଼ିକୁ ଭଗବାନ ବ୍ରହ୍ମା, ଭଗବାନ ବିଷ୍ଣୁ ଓ ଭଗବାନ ଶିବ ମିଶି ଶକ୍ତି ପୀଠର ମାନ୍ୟତା ଦେଲେ।

"ଜଳନ୍ଧର ଶକ୍ତିପୀଠ"ରେ ମାତା ସତୀଙ୍କର 'ବାମ ସ୍ତନ' ଖଣ୍ଡ ପଡ଼ିଥିଲା। ଏଠାରେ ମାତା ଶକ୍ତିଙ୍କୁ 'ତ୍ରିପୁରମାଳିନୀ' ରୂପରେ ପୂଜା କରାଯାଉ ଥିବାବେଳେ ଭଗବାନ ଶିବ 'ଭୈରବ'(ଯିଏ ଭଗବାନ ଶିବଙ୍କର ଅନ୍ୟ ଏକ ରୂପ)ଙ୍କୁ "ଭୀଷଣ" ରୂପରେ ପୂଜା କରା ଯାଇଥାଏଏ।



ଏହି ଶକ୍ତିପୀଠରେ ବର୍ଷ ସାରା ବିଭିନ୍ନ ପର୍ବ ପର୍ବାଣୀ ଧୂମଧାମ୍‌ରେ ପାଳିତ ହୋଇଥାଏ। ବିଶେଷତଃ ଦୁର୍ଗା ପୂଜା ଓ ପବିତ୍ର ନବରାତ୍ର ଉତ୍ସବ ଏଠାରେ ଧୂମଧାମରେ ପାଳନ କରାଯାଏ। ମନ୍ଦିରର ଆଧ୍ୟାତ୍ମିକ ପରିବେଶ ଭକ୍ତ ଓ ଶ୍ରଦ୍ଧାଳୁମାନଙ୍କ ମନ, ପ୍ରାଣ ଓ ହୃଦୟ କୁ ଶାନ୍ତି ପ୍ରଦାନ କରିଥାଏ। ବର୍ଷର ସବୁ ସମୟରେ ମାତାଙ୍କର ଏହି ଶକ୍ତିପୀଠରେ ଭକ୍ତ ଓ ଶ୍ରଦ୍ଧାଳୁଙ୍କ ଗହଳି ଲାଗି ରହିଥାଏ। ଦେବୀଙ୍କର ମନ୍ଦିରର ଅପରୂପ ଶୋଭା ଦେଖିବା ଭଳି ହୋଇଥାଏ। ଏଥିପାଇଁ ଲକ୍ଷ ଲକ୍ଷ ଭକ୍ତ ଓ ଶ୍ରଦ୍ଧାଳୁ ମୁଖ୍ୟତଃ ମାତାଙ୍କୁ ପୂଜା କରିବାକୁ ଏଠାକୁ ଆସିଥାନ୍ତି। ଏଠାକାର ପୂଜାବିଧିର ପ୍ରତ୍ୟେକ କାର୍ଯ୍ୟକ୍ରମ ଖୁବ୍ ଆନନ୍ଦ ଦାୟକ ଓ ମନୋରମ। **କେମିତି ଯିବେ:-** (୧) ନିକଟସ୍ଥ ରେଳଷ୍ଟେସନ୍‌ଠାରୁ ମାତ୍ର ୨.୫ କିମି ଦୂରରେ "ଜଳନ୍ଧର ଶକ୍ତିପୀଠ"ଅବସ୍ଥିତ। (୨) ନିକଟସ୍ଥ ଚଣ୍ଡିଗଡ଼ ଅନ୍ତର୍ଜାତୀୟ ବିମାନ ବନ୍ଦରଠାରୁ ମାତ୍ର ୧୮୩ କିମି ଦୂରରେ "ଜଳନ୍ଧର ଶକ୍ତିପୀଠ" ଅବସ୍ଥିତ।


ପ୍ରତିଦିନ ସକାଳ ୬ ଟାରୁ ମନ୍ଦିର ଖୋଲାଯାଏ ଓ ରାତି ୯ ଟାରେ ବନ୍ଦ ହୁଏ।

# ଧାରଣାରତ ବିଦ୍ୟୁତ ବିଭାଗ କର୍ମଚାରୀଙ୍କ ସମସ୍ୟା ସମାଧାନ ପାଇଁ ମୁଖ୍ୟମନ୍ତ୍ରୀଙ୍କ ହସ୍ତକ୍ଷେପ ଲୋଡ଼ିଲା ଏଚ୍‌ଏମ୍‌ଏସ୍

ବ୍ରହ୍ମପୁର (ପିଏନ୍): ବ୍ରହ୍ମପୁର ମହାନଗରରେ ଥିବା ଟିପିଏସଓଡିଏଲ (TPSODL) କର୍ପୋରେଟ୍ ଅଫିସ ସମ୍ମୁଖରେ ସାଉଥ୍‌କୋ ୟୁଟିଲିଟିରେ ବର୍ଷ ବର୍ଷ ଧରି କାର୍ଯ୍ୟରତ ଆଉଟସୋର୍ସିଂ କର୍ମଚାରୀମାନେ ନ୍ୟାଯ୍ୟ ଦାବି ନେଇ ଗତ ୬ ମାସରୁ ଊର୍ଦ୍ଧ୍ୱ ଦିନ ଧରି ଧାରଣା ଦେଇଛନ୍ତି। ସମ୍ପ୍ରତି ଟାଟା ପାୱାର ଓଡ଼ିଶାର ବିଦ୍ୟୁତ ଯୋଗାଣ ସଂସ୍ଥାକୁ ହାତକୁ ନେବା ପରେ ଉକ୍ତ କର୍ମଚାରୀଙ୍କୁ କାର୍ଯ୍ୟରେ ନିୟୋଜିତ କରୁନାହିଁ। ଫଳରେ ପ୍ରାୟ ୩ ହଜାର କର୍ମଚାରୀ ଜୀବିକା ହରାଇ ଦୟନୀୟ ଅବସ୍ଥାରେ କାଳାତିପାତ କରୁଛନ୍ତି। ଇତିମଧ୍ୟରେ ଜିଲା ପ୍ରଶାସନ ହସ୍ତକ୍ଷେପ କରିଥିଲେ ମଧ୍ୟ କମ୍ପାନୀ କର୍ତ୍ତୃପକ୍ଷ କୌଣସି ପଦକ୍ଷେପ ଗ୍ରହଣ ନକରିବା ଉଦବେଗର ବିଷୟ। ଗୋଟିଏ ଜନକଲ୍ୟାଣ ସରକାରରେ ଏଭଳି ଘଟଣା ଆଦୌ ଶୁଭଙ୍କର ନୁହେଁ। ଅପରପକ୍ଷରେ ଧାରଣାରତ କର୍ମଚାରୀମାନେ ପୁନଃ ନିଯୁକ୍ତି ଦାବି କରି ଆସୁଥିବା ବେଳେ ମାନ୍ୟବର ସୁପ୍ରିମକୋର୍ଟର ନିର୍ଦ୍ଦେଶକୁ ମଧ୍ୟ କମ୍ପାନୀ କର୍ତ୍ତୃପକ୍ଷ ମାନୁନାହାନ୍ତି। ଏଠାରେ ଉଲ୍ଲେଖ କରାଯାଇପାରେ ଟାଟା କମ୍ପାନୀ ସାଉଥକୋ ୟୁଟିଲିଟିକୁ ନେବା ପରେ ୟୁନିଟ ପିଛା ୫୦ ପଇସା ବୃଦ୍ଧି କରି ଗ୍ରାହକମାନଙ୍କ ଉପରେ ଆର୍ଥିକ ଭାର ଲଦି ଦେଇଛି। ଦକ୍ଷିଣ ଓଡ଼ିଶାରେ ପ୍ରାୟ ୨୫ ଲକ୍ଷ ବିଦ୍ୟୁତ ଉପଭୋକ୍ତା ରହିଥିବା ବେଳେ ସେମାନଙ୍କ ଉପରେ ଆର୍ଥିକ ବୋଝ ବୃଦ୍ଧି କରି କମ୍ପାନୀ ନିଜର ପାଣ୍ଠି ବଢ଼ାଇ ଚାଲିଥିବା ବେଳେ କର୍ମଚାରୀଙ୍କ ସ୍ୱାର୍ଥ ପ୍ରତି ଦୃଷ୍ଟି ନଦେବା ଅତ୍ୟନ୍ତ ପରିତାପର ବିଷୟ। ପୂର୍ବରୁ କମ୍ପାନୀ କରିଥିବା ଚୁକ୍ତିନାମାକୁ ସମ୍ପୂର୍ଣ୍ଣ ଖିଲାପ କରିଛି। କମ୍ପାନୀର ମନମାନି ଚାଲିଥିବା ବେଳେ ଧାରଣାରତ କର୍ମଚାରୀଙ୍କ ସମସ୍ୟାର ସମାଧାନ ଦିଗରେ ତୁରନ୍ତ ହସ୍ତକ୍ଷେପ କରିବାକୁ ହିନ୍ଦ୍ ମଜଦୁର ସଭା (ଏଚ୍‌ଏମ୍‌ଏସ)ର ରାଜ୍ୟ ଉପସଭାପତି ରବି ରଥ ମୁଖ୍ୟମନ୍ତ୍ରୀ, ଶକ୍ତି ମନ୍ତ୍ରୀ, ମୁଖ୍ୟ ଶାସନ ସଚିବ ଏବଂ ଓଇଆରସିର ଅଧକ୍ଷଙ୍କୁ ପତ୍ର ମାଧମରେ ଅନୁରୋଧ କରିଛନ୍ତି।

# ବସ୍ତିକୁ ଅଣଦେଖା କରି ରାଉରକେଲା ସ୍ମାର୍ଟସିଟି ଗଠନ ଏକ ଅବାନ୍ତର ପରିକଳ୍ପନା

ରାଉରକେଲା (ପିଏନ୍): ସମ୍ପ୍ରତି ରାଉରକେଲାକୁ ସ୍ମାର୍ଟସିଟିରେ ପରିଣତ କରିବା ପାଇଁ ଶହ ଶହ କୋଟି ଟଙ୍କା ଖର୍ଚ୍ଚ କରାଯାଉଛି । ତେବେ ରାଉରକେଲା ମହାନଗର ନିଗମର ପ୍ରାୟ ଅର୍ଦ୍ଧାଧିକ ଅଞ୍ଚଳ ବସ୍ତି ଅଧୁଷିତ ହୋଇଥିବାରୁ ବସ୍ତି ଓ ବସ୍ତି ବାସିନ୍ଦାମାନଙ୍କୁ ଅବହେଳା କରି ରାଉରକେଲାକୁ ସ୍ମାର୍ଟସିଟିରେ ପରିଣତ କରିବା ଏକ ଅବାନ୍ତର ପରିକଳ୍ପନା ବୋଲି କଂଗ୍ରେସ ତରଫରୁ କୁହାଯାଇଛି । ଗତ ୧୯ ତାରିଖରେ ରାଉରକେଲାର ପ୍ରାକ୍ତନ ବିଧାୟକ ପ୍ରାର୍ଥୀ ତଥା ପୂର୍ବତନ ଜିଲ୍ଲା କଂଗ୍ରେସ ସଭାପତି ବିରେନ ସେନାପତି ୱାର୍ଡ ନମ୍ବର ୧୧ର ଅମରନାଥ ବସ୍ତି, କ୍ଷେତି ବସ୍ତି ଓ ମସଜିଦ୍ ଗଳି ବୁଲି ବିଭିନ୍ନ ସମସ୍ୟାର ଅନୁଧ୍ୟାନ କରିବା ସହିତ ବସ୍ତିବାସୀଙ୍କୁ ଭେଟି ଆଲୋଚନା କରିଥିଲେ । ବସ୍ତିରେ ନିର୍ମିତ ରାସ୍ତା ଭୁଷୁଡି ପଡିଥିବା ବେଳେ ତାର ମରାମତି ହେଉନଥିବା ଦେଖିଥିଲେ । ଆବଶ୍ୟକୀୟ ବିଦ୍ୟୁତ୍ ଖୁଣ୍ଟ ନ ଥିବାରୁ ଗୋଟିଏ ଗୋଟିଏ ଖୁଣ୍ଟରୁ ଶତାଧିକ ଘରକୁ ବିଦ୍ୟୁତ୍ ସଂଯୋଗ ଦିଆଯାଇଥିବା ଦେଖିଥିଲେ । ସେହିପରି ଆବଶ୍ୟକୀୟ ରାସ୍ତା ଆଲୋକ ନଥିବାରୁ ବସ୍ତିର ଆଭ୍ୟନ୍ତରୀଣ ଅଞ୍ଚଳ ଅନ୍ଧାର ରହୁଥିବା ଲୋକେ ଅଭିଯୋଗ କରିଥିଲେ ।



କ୍ଷେତି ବସ୍ତିରେ ନିର୍ମାଣାଧିନ ନାଳି ଉପରେ ସ୍ଲାବ୍ ପକାଯାଉନଥିବା ଓ ନାଳିକୁ ଅଧାରେ ଛାଡି ଦିଆଯାଇଥିବା ଦେଖିଥିଲେ । ଅନୁରୂପ ଭାବେ ବସ୍ତିର ଆଭ୍ୟ'ରୀଣ ଅଞ୍ଚଳରେ କଂକ୍ରିଟ୍ ରାସ୍ତା ଓ ନାଳି ନଥିବାରୁ ବସ୍ତିବାସୀମାନେ ସମ୍ମୁଖୀନ ହେଉଥିବା ଅସୁବିଧା ସମ୍ପର୍କରେ ଅବଗତ ହୋଇଥିଲେ । ୱାର୍ଡ ନମ୍ବର ୧୩ର ଗୋପବନ୍ଧୁପାଲ୍ଲୀ, ଲୋହରା ବସ୍ତି ଓ ଆଦିବାସୀପଡା ଅଞ୍ଚଳ ଶ୍ରୀ ସେନାପତିଙ୍କ ସମେତ କଂଗ୍ରେସ କର୍ମକର୍ତ୍ତାମାନେ ବୁଲି ଲୋକଙ୍କ ସହିତ ଆଲୋଚନା କରିଥିଲେ । ଲୋହରା ବସ୍ତି ଦୀର୍ଘବର୍ଷ ତଳେ ଜିଲ୍ଲା ପରିଷଦ ତରଫରୁ ବିଆର୍‌ଜିଏଫ୍ ସ୍କିମ୍‌ରେ ନିର୍ମିତ ଶୌଚାଳୟରେ ତାଲା ଝୁଲୁଥିବା ଦେଖିଥିଲେ । ଉକ୍ତ ଅଞ୍ଚଳରେ ବସବାସ କରୁଥିବା ସମସ୍ତ ଗରିବ ଶ୍ରେଣୀ ଲୋକଙ୍କୁ ସ୍ୱଚ୍ଛ ଭାରତ ମିଶନ ଯୋଜନାରେ ପାଇଖାନା ନିର୍ମାଣ ପାଇଁ ସହାୟତା ମିଳିନଥିବାରୁ ଅନେକ ଗରିବ ଲୋକ ନିକଟସ୍ଥ ପାହାଡକୁ ଶୌଚ ପାଇଁ ବ୍ୟବହାର କରୁଥିବା କହିଥିଲେ । ସେହିପରି ଉକ୍ତ ଅଞ୍ଚଳରେ ନାଳି ସଫେଇ ହେଉନଥିବା ବେଳେ ଆବଶ୍ୟକୀୟ ନାଳି ନିର୍ମାଣ କରାଯାଉ ନଥିବା ବସ୍ତିବାସୀ ଅଭିଯୋଗ କରିଥିଲେ । ଗତ କିଛିଦିନ ତଳେ ଆଦିବାସୀପଡାରେ ନିର୍ମିତ ମାଇକ୍ରୋ ଆକ୍ଟିଭିଟି ସେଣ୍ଟରର ନିମ୍ନମାନର କାମ ଯୋଗୁଁ ଲଗାଯାଇଥିବା ଫାଟକ ଭୁଷୁଡି ପଡିଥିବା ଦେଖିଥିଲେ । ତେବେ ସମସ୍ତ ଅଞ୍ଚଳରେ ଜନସ୍ୱାସ୍ଥ୍ୟ ବିଭାଗର ପାଇପ୍ ଜଳ ଯୋଗାଣ ସଠିକ୍ ଭାବେ ହେଉନଥିବାରୁ ପାନୀୟ ଜଳ ସଂକଟ ଲାଗି ରହୁଥିବା ଲୋକେ ଅଭିଯୋଗ କରିଥିଲେ । ଭତ୍ତାଧାରୀ ବୁଢାବୁଢି ଓ ବିଧବାମାନେ ସମ୍ପ୍ରତି ବ୍ୟାଙ୍କ ଜରିଆରେ ଭତ୍ତା ପେମେଣ୍ଟ ହେଉଥିବାରୁ ଠିକ୍ ସମୟରେ ବ୍ୟାଙ୍କକୁ ଅର୍ଥରାଶି ନ ଆସିବା ଦ୍ୱାରା ବାରମ୍ବାର ବ୍ୟାଙ୍କ ଦୌଡି ହଇରାଣ ହେବା ସହିତ ଖର୍ଚ୍ଚା' ହେଉଛି' ବୋଲି କହିଥିଲେ । ତେବେ ଏସବୁ ସମସ୍ୟା ପ୍ରତି ଆର୍‌ଏମ୍‌ସି, ପିଏଚ୍‌ଇଡି, ବିଦ୍ୟୁତ୍ ବିଭାଗ ଅଧିକାରୀଙ୍କ ଦୃଷ୍ଟି ଆକର୍ଷଣ କରି ଆବଶ୍ୟକୀୟ କାର୍ଯ୍ୟାନୁଷ୍ଠାନ ପାଇଁ କଂଗ୍ରେସ ତରଫରୁ ଦାବି କରାଯିବ ବୋଲି ଶ୍ରୀ ସେନାପତି ପ୍ରତିଶ୍ରୁତି ଦେଇଥିଲେ । ଶ୍ରୀ ସେନାପତିଙ୍କ ସହିତ ଏହି ଗସ୍ତ କାଳରେ ଜିଲ୍ଲା କଂଗ୍ରେସର ବିପିନ ଠାକୁର, ଦିଲ୍ଲିପ ଜେନା, ସେଖ ସମୀର, ସାରଦା ପ୍ରସନ୍ନ ଦାସ, ଇଂ.ଚନ୍ଦନ ସାହୁ, ରାଜୁ ପ୍ରସାଦ, ବିବେକ ସାହୁ, ପପୁ ଖାନ, ନିର୍ମଳା ମହାପାତ୍ର, ରବି ଯାଦବ, ବିକାଶ ପ୍ରସାଦ ଓ ମହମ୍ମଦ ଉମରଙ୍କ ସମେତ ଅନେକ ଦଳୀୟ କର୍ମୀ ସାମିଲ୍ ହୋଇଥିଲେ ବୋଲି ଜିଲ୍ଲା କଂଗ୍ରେସ ମୁଖପାତ୍ର କୈଳାସ ସାହୁ ଏକ ପ୍ରେସ୍ ବିବୃତିରେ ଜଣାଇଛନ୍ତି ।




# ଦୋଷ କାହାର ଥିଲା


ସୁଚରିତା ମହାନ୍ତି

ବିଗତ ଦିନକୁ ମନେ ପକେଇ ଲାଭ ବା କ'ଣ ଅଛି।
ହଁ ଅଛି, ଅନେକ ଲାଭ ଅଛି।
କାଲି ଭଳି ଲାଗୁଛି ସିନେମାର ରିଲ୍ ପରି ପ୍ରତ୍ୟେକ ଟି କଥା ଗୋଟିଏ ପରେ ଗୋଟିଏ ଆଖି ଆଗରେ ଭାସିଯାଉଚ଼ି।
ମୁଁ କଥା ଦେଇଥିଲା କଥା ଗୁଡ଼ିକ ସବୁ ମିଛ ହେଇଗଲା ନା ସେ ମୋତେ ଦେଇଥିବା କଥା ଗୁଡ଼ିକ ଭୁଲ୍ ହୋଇଗଲା।
ଏମିତି ନିଜକୁ ଦୋଷ ଦେଇ ଚ଼ାଲିଥାଏ ରାକେଶ। ନିଜକୁ ନିଜେ ପ୍ରଶ୍ନ ପଚ଼ାରୁ ଥାଏ ଭୁଲ୍ କାହାର ?
ତା'ର ନା ମୋର ?
ବାରମ୍ବାର ନିଜକୁ ନିଜେ ଭର୍ତ୍ସନା କରିବା ବ୍ୟତୀତ ତା'ପାଖରେ ଅନ୍ୟ କିଛି ଉପାୟ ନଥିଲା।ସେ ଦେଖିଥିବା ସ୍ୱପ୍ନ ଭାଙ୍ଗି ରୁଜି ଚୁରମାର ହୋଇ ଯାଇଥିଲା।ନିଜ ହାତରେ ଗଢ଼ିଥିବା ସଂସାର ଉଜୁଡ଼ି ଯିବା ପରେ,ସେ ଏବେ ସମ୍ପୂର୍ଣ୍ଣ ଏକୁଟିଆ।ଅନ୍ୟର ଖୁସି ରେ ଖୁସି ହୁଏ ସତ, କିନ୍ତୁ ଛାତି ଭିତରେ ଦୁଃଖ ର ପାହାଡ଼ ଟା ତାକୁ ଅଣନିଃଶ୍ୱାସୀ କରି ପକାଉଥାଏ।
ସେ କ'ଣ କେବେ ଭାବିଥିଲା ତା' ପାଖରୁ ନିଜର ମଣିଷ ଟା ସବୁଦିନ ପାଇଁ କେଉଁ ଅଜଣା ରାଇଜରେ ହଜିଯିବ ବୋଲି।
ରେଶମା ଥିଲା ମୁସଲିମ ଝିଅ । ଉଚ୍ଚଶିକ୍ଷିତା ।
ଦେଖିବାକୁ ଖୁବ୍ ସୁନ୍ଦରୀ। କଥା ଚ଼ାଲି ଚ଼ଳନ ବ୍ୟବହାର ଖୁବ୍ ଭଲ ଥିଲା।
ଗୋଟିଏ କମ୍ପାନୀରେ ରାକେଶ ଓ ରେଶମା ଇଞ୍ଜିନିୟର ଭାବେ କାର୍ଯ୍ୟରତ।
ଦୁହିଁଙ୍କ ଭିତରେ ବନ୍ଧୁତା ର ସମ୍ପର୍କ ଖୁବ୍ ନିବିଡ଼ ଥିଲା।
କ୍ରମଶଃ ଦୁହେଁ ଦୁହିଁଙ୍କୁ ଭଲ ପାଇବସିଲେ ଏବଂ ଗୋଟିଏ ମନ୍ଦିରେ ହିନ୍ଦୁ ରୀତି ନିତି ଅନୁସାରେ ବୈବାହିକ ସୂତ୍ରରେ ବାନ୍ଧି ହୋଇଗଲେ।
ହିନ୍ଦୁ ପୁଅ ଏବଂ ମୁସଲମାନ ଝିଅ ବିବାହ ଘଟଣା କାହାକୁ ଜଣା ନଥିଲା।
ରାକେଶ ର ପରିବାର କିମ୍ବା ରେଶମା ର ପରିବାର ଏବିଷୟରେ ସମ୍ପୂର୍ଣ୍ଣ ରୂପେ ଅଜ୍ଞ ଥିଲେ ।
ଦିନ ପରେ ଦିନ ବିତିଯାଉଥାଏ ।
ଦୁହେଁ କ'ଣ କରିବେ କିଛି ନିଷ୍ପତ୍ତି ନେଇପାରୁନଥାନ୍ତି ।
କିଛି ଦିନ ପରେ ରେଶମା ରାକେଶ କୁ କହିଲା,ସେ ମା' ହେବାକୁ ଯାଉଛି।
ଚ଼ାରି ମାସର ଗର୍ଭ ଧାରଣ କରିସାରିଛି।
ରାକେଶ କହିଲେ, ଆମେ ଦୁହେଁ ବିବାହ କରିସାରିଛୁ ।ତମ ଗର୍ଭରେ ଆମ ଦୁଇଜଣଙ୍କ ସନ୍ତାନ ତେଣୁ ଏଥିରେ ଆମେ ଆନନ୍ଦିତ ହେବା କଥା ରେଶମା । ତମେ ମୁହଁ ଶୁଖାଉଚ଼ କାହିଁକି ।
ରେଶମା କହିଲା,ହଁ ରାକେଶ ସେକଥା ମୁଁ କ'ଣ ଜାଣିନି ହେଲେ।
ଆରେ ହେଲେ,... ପୁଣି କ'ଣ।
ଏବେ ଆମେ ଆମ ଘର ଲୋକଙ୍କର ଅନୁମତି ନେଇଯିବା।
ଯଦି ସେମାନେ ଆମକୁ ଗ୍ରହଣ କରିନେଲେ ତ ଭଲ କଥା ନ'ହେଲେ ଆମେ ଦୁହେଁ ଏବେ ଯେମିତି ଅଛୁ ଆଗକୁ ବି ସେମିତି ରହିବା।
ରେଶମା କହିଲା, ହଁ ଠିକ୍ ଯେ ହେଲେ।
ଆରେ ହେଲେ ପୁଣି କ'ଣ।
ଆଉ ବେଶି କିଛି ଭାବନି ରେଶମା।
ଆମ ପାଇଁ ଆଜି ଭାରି ଖୁସିର ଦିନ।
ଚ଼ାଲ ଆଜି ସେଲିବ୍ରେଟ୍ କରିବା ।ଆଉ ସବୁ ପଛ କଥା।
ଦୁହେଁ ବେଶ୍ ଧୁମ୍ ଧାମରେ ସେଲିବ୍ରେଟ୍ କଲେ।
ଘରକୁ ଆସି ସେଦିନ ଦୁହେଁ ଆରମରେ ରହିଲେ। ତା'ପର ଦିନ ନିଜ ନିଜ ଘରକୁ ଫୋନ୍ କରି ସମସ୍ତ କଥା ଜଣେଇବେ ବୋଲି ନିଷ୍ପତ୍ତି ନେଲେ।
ସକାଳେ ଉଠି କାମ ସାରି ଅଫିସ ଯିବା ପୂର୍ବରୁ ଦୁହେଁ ଘରକୁ ଖୁସି ଜଣାଇବା ପରେ ଅଫିସ୍ ଯିବା କୁ ଭାବିଲେ।
ରେଶମା ତାଙ୍କ ଘରକୁ ଫୋନ୍ କଲା ଏବଂ ରାକେଶ ତାଙ୍କ ଘରକୁ।
ରାକେଶ ର ଘର ଲୋକ ପ୍ରଥମେ ବହୁତ ବିରକ୍ତି ଭାବ ପ୍ରକାଶ କଲେ ।କିନ୍ତୁ ରେଶମା ଗର୍ଭ ଧାରଣ କଥା ଶୁଣି ତାଙ୍କ ର ରାଗ ଶାନ୍ତ ହେଲା ଏବଂ ରେଶମା କୁ ବୋହୂ ବୋଲି ସ୍ୱୀକାର କଲେ। କିନ୍ତୁ ରେଶମା।
ରେଶମାର ବାପା ମା' କେହି ନଥିଲେ।
ତିନି ଭାଇ ରେଶମା ଠାରୁ ବଡ଼ ଥିଲେ।
ସେମାନେ ଏକଥା ଶୁଣି କହିଲେ, ଆମେ ତୋତେ ସେଇଠୁ ନେଇ ଆସିବା ଏବଂ ଭଲ କରି ରାକେଶ ସହିତ ବିବାହ କରେଇ ଦେବା ।
ରେଶମା କିମ୍ବା ରାକେଶ ବହୁତ ଖୁସି ହେଲେ। ସେମାନେ ବୁଝି ପାରିଲେନି ରେଶମା ଭାଇମାନଙ୍କର ଉଦ୍ଦେଶ୍ୟ କିଛି ଅଲଗା ଥିଲା।
ରେଶମା ର ଭାଇ ଆସି ରେଶମା କୁ ନେଇଗଲା।
ରେଶମା ଭାଇ ସହିତ ତାଙ୍କ ଗାଁ କୁ ଚ଼ାଲିଗଲା ।
ରାକେଶ ଅପେକ୍ଷା କରି ରହିଲା ରେଶମା ର ଫେରିବା ବାଟକୁ।
କିନ୍ତୁ ନିରାଶ ହେବାକୁ ପଡ଼ିଲା।
ଗୋଟିଏ ଅଜଣା ନମ୍ବର ରୁ ଫୋନ୍ ଆସିଲା ରାକେଶ ପାଖକୁ।
ରାକେଶ ବସିପଡ଼ିଲା ତଳେ, ମୁଣ୍ଡରେ ହାତ ବାଡ଼େଇ କାନ୍ଦିବାକୁ ଲାଗିଲା।
ରେଶମାର ଶେଷ କଥା ବ୍ୟତିବ୍ୟସ୍ତ କରୁଥିଲା ରାକେଶ କୁ।
ରେଶମା ଗର୍ଭ ରେ ବଢୁଥିବା ସନ୍ତାନ ଦୁନିଆର ଆଲୋକ ଦେଖିବା ପୂର୍ବରୁ ସବୁଦିନ ପାଇଁ ? ହରେଇବାକୁ ପଡ଼ିଲା।
ରେଶମା ଭାଇମାନଙ୍କର ନିଷ୍ଠୁର ନିଷ୍ପତ୍ତି ପାଖରେ ହଜିଗଲା ନିଷ୍ପାପ ସନ୍ତାନ।
ରେଶମା ଅନେକ ନେହୁରା ହେବା ସତ୍ତ୍ୱେ ବି ଶୁଣିନଥିଲେ ତା' କ୍ରୁର ଭାଇମାନେ।
ରେଶମା ସନ୍ତାନ ଏବଂ ସ୍ୱାମୀଙ୍କୁ ହରେଇ ଥିବା ଦୁଃଖ କୁ ସହିନପାରି ଆତ୍ମହତ୍ୟା କରିବାକୁ ସ୍ଥିର କରିଥିଲା।
ରାକେଶ ସହିତ କୌଣସି ସମ୍ପର୍କ ନରଖିବାକୁ ରେଶମା କୁ ତାଗିଦ୍ କରାଯାଇଥିଲା।
ତେଣୁ ନିଜ ଜୀବନ ହାରିଦେବା ପୂର୍ବରୁ ରାକେଶ କୁ ଶେଷ ଥର ପାଇଁ ଫୋନ୍ କରି ନିଜର ଭଲପାଇବା କୁ ବଞ୍ଚ ?ଇ ରଖି ପାରିଲାନି ବୋଲି କ୍ଷମା ମାଗି ଆତ୍ମହତ୍ୟା କରିଦେଲା।
ସେଇଦିନଠାରୁ ରାକେଶ ବଞ୍ଚିଛି ସତ କିନ୍ତୁ ଅନୁତାପ ନିଆଁ ରେ ନିଜକୁ ଜଳୁଥିବାର ଦେଖୁଛି।
ପ୍ରଶ୍ନ ଭିତରେ ଛନ୍ଦି ହୋଇ ପଚ଼ାରୁଛି, ଦୋଷ କାହାର ଥିଲା ?
ଧର୍ମ ର,ପ୍ରେମ ର,ନା ଜରାୟୁ ରେ ବଢୁଥିବା ଅଜନ୍ମା ନିଷ୍ପାପ ଶିଶୁ ର !!

*ବାରିପଦା, ମୟୂରଭଞ୍ଜ*
*୮୯୧୭୫୭୧୨୦୨*

## ୮ ସିଫ୍ଟ ଶାଗୁଆନ କାଠ ଜବତ, ଜଣେ ଗିରଫ

କେନ୍ଦୁଝର, (ପିଏନ): କେନ୍ଦୁଝର ଜିଲାର କିରିବୁର ସେଲ କଲୋନୀରେ ଶୁକ୍ରବାର ସକାଳ ସମୟରେ ବନବିଭାଗର ଏନଫୋର୍ସମେ ସ୍କ୍ୱାର୍ଡ ଅତର୍କିତ ଚଢାଉ କରି ୪୮ ପିସ୍ ଶାଗୁଆନ କାଠ ଜବତ କରିଛି। ଏସିଏଫ୍ ଅଜୟ କୁମାର ସାହୁଙ୍କ ତ ୍ୱାବଧାନରେ ଚମ୍ପୁଆ ରେଞ୍ଜର ଘାସିରାମ ପାତ୍ର,ବଡବିଲ ରେଞ୍ଜର ମାନସ କୁମାର ମୁର୍ମୁ,ମୋବାଇଲ ଫରେଷ୍ଟର ଶଶୀଭୂଷଣ ବାରିକ,ବସନ୍ତ ମୁର୍ମୁଙ୍କ ସମେତ ଅନ୍ୟ ବନ କର୍ମଚାରୀମାନେ କିରିବୁର ସେଲ କଲୋନୀର ଗୌତମ ବାରିକଙ୍କ ଘରେ ଚଢାଉ କରିଥିଲେ। ଚଢାଉବେଳେ ୪୮ ପିସ୍ ଶାଗୁଆନ କାଠ ଜବତ କରାଯାଇଥିଲା, ଯାହାକି ୮ ସିଫ୍ଟ ହେବ ଏବଂ ଏହାର ଆନୁମାନିକ ମୂଲ୍ୟ ୨୫ହଜାର ଟଙ୍କା ହେବ ବୋଲି ଜଣାପଡିଛି।

## କାସ୍‌ଭି ଖଣିର ପରିବହନ କାର୍ଯ୍ୟ ବନ୍ଦ କଲେ ଟ୍ରକ୍ ମାଲିକ ସଂଘ

ଯୋଡା,(ପିଏନ): କେନ୍ଦୁଝର ଜିଲ୍ଲା ଯୋଡା ଖଣିମଣ୍ଡଳ ଜରିବାହାଲ ସ୍ଥିତ କାସ୍‌ଭି ଖଣିରେ କେତେକ ଦାବିକରି ଜୁରୁଡି ଟ୍ରକ ମାଲିକ ସଂଘ ପକ୍ଷରୁ ପରିବହନ କାର୍ଯ୍ୟକୁ ଶୁକ୍ରବାର ବନ୍ଦ କରିଦିଆଯାଇଛି। ନୂତନ ଲିଜ୍ ପାଇଥିବା କାସ୍‌ଭି ଇ ରନ୍ୟାସନାଲ ପ୍ରାଇଭେଟ୍ ଲିମିଟେଡ୍ କମ୍ପାନୀ ନିଜର ଖଣିଜ ପରିବହନ ପାଇଁ ବାହର ଅଂଚଳର ଭାରିଯାନ ଆଣି ସ୍ଥାନୀୟ ସଂଘର ଗାଡିକୁ ସଂଘରେ ଥିବା ଗାଡିମାନଙ୍କୁ କାର୍ଯ୍ୟ ଦେଉନଥିବା ଅଭିଯୋଗ କରି ଜୁରୁଡି ଟ୍ରକ୍‌ମାଲିକ ସଂଘ ପକ୍ଷରୁ ଧାରଣା ଦିଆଯାଇଥିଲା। ଦୀର୍ଘ ୧୧ ଦିନ ଧାରଣା ଦିଆଯାଇଥିଲେ ହେଁ କମ୍ପାନୀ ପକ୍ଷରୁ ସମାଧାନ ଶୁଣାଣି ନହେବାରୁ ସଂଘ ପକ୍ଷରୁ ପରିବହନ ମୂଲ୍ୟ ସମ୍ପର୍କିତ ଦାବି ପତ୍ର ଦିଆଯାଇଥିଲା।

# ରେନଲ୍ଟ ଭାରତରେ ୪୧୫ରୁ ଅଧିକ ସେଲ୍ସ ଓ ସର୍ଭିସ୍ ଟଚ୍‌ପଏଂଟ୍‌କୁ ନିଜର ନେଟ୍‌ୱର୍କ ଉପସ୍ଥିତି ବିସ୍ତାର କରିଛି

ନୂଆଦିଲ୍ଲୀ,(ପିଏନ): ରେନଲ୍ଟ ଇଣ୍ଡିଆ ପକ୍ଷରୁ ଗତ ଦୁଇ ମାସ ମଧ୍ୟରେ ଦେଶବ୍ୟାପୀ ଏହାର ନେଟ୍‌ୱର୍କରେ ୩୪ଟି ନୂତନ ସେଲ୍ସ ଓ ସର୍ଭିସ୍ ଟଚ୍‌ପଏଂଟ୍‌କୁ ସାମିଲ କରାଯାଇଥିବା ସମ୍ପର୍କରେ ଘୋଷଣା କରାଯାଇଛି। ଏହା ମୋଟ ୯୦ରୁ ଅଧିକ ସେଲ୍ସ ଓ ସର୍ଭିସ୍ ଟଚ୍‌ପଏଂଟ୍‌କୁ ଚିହ୍ନିତ କରୁଛି ଯାହାକୁ ରେନଲ୍ଟ ଗତ ଏକ ବର୍ଷରୁ କମ୍ ସମୟ ମଧ୍ୟରେ ଦେଶବ୍ୟାପୀ ଏହାର ନେଟ୍‌ୱର୍କରେ ସାମିଲ କରିଛି। ବର୍ତମାନର ବିକଶିତ ବଜାରଗୁଡିକରେ ବ୍ରାଣ୍ଡର ଅଭିବୃଦ୍ଧି ପାଇଁ ଏହି ବ୍ୟାପକ ନେଟ୍‌ୱର୍କ ସମ୍ପ୍ରସାରଣ ହେଉଛି ଏକ ରଣନୈତିକ ବ୍ୟବସାୟିକ ଧ୍ୟାନର ଅଂଶବିଶେଷ। ଏହି ନୂତନ ଡିଲରସିପ୍ ଫ୍ୟାସିଲିଟିଗୁଡିକ ମଧ୍ୟପ୍ରଦେଶ, ତାମିଲନାଡୁ, ଉତରପ୍ରଦେଶ, କର୍ଣ୍ଣାଟକ, ଗୁଜରାଟ, ହରିଆନା, ପଞ୍ଜାବ, ତେଲେଙ୍ଗାନା, ଉତରାଖଣ୍ଡ, ରାଜସ୍ଥାନ, ମହାରାଷ୍ଟ୍ର, ହିମାଚଳ ପ୍ରଦେଶ ଓ ପଶ୍ଚିମ ବଙ୍ଗରେ ଅବସ୍ଥିତ। ଏହି ସମ୍ପ୍ରସାରଣ ସହିତ ରେନଲ୍ଟ ଇଣ୍ଡିଆ ଏହାର ନେଟ୍‌ୱର୍କ ଉପସ୍ଥିତିକୁ ୪୧୫ରୁ ଅଧିକ ସେଲ୍ସ ଓ ୪୭୫ରୁ ଅଧିକ ସର୍ଭିସ୍ ଟଚ୍‌ପଏଂଟ୍‌କୁ ବୃଦ୍ଧି କରିଛି, ଯେଉଁଥିରେ ଉଲ୍ଲେଖନୀୟ ବିକ୍ରି ଓ ସେବା ଗୁଣମାନ ସହିତ ଦେଶର ବିଭିନ୍ନ ସ୍ଥାନରେ ୨୦୦ରୁ ଅଧିକ ୱର୍କସପ୍ ଅନ୍ ହ୍ୱିଲ୍ସ ସାମିଲ ରହିଛି। ଏସମ୍ପର୍କରେ ରେନଲ୍ଟ ଇଣ୍ଡିଆର ସେଲ୍ସ୍ ଆଣ୍ଡ ନେଟ୍‌ୱର୍କ ବିଭାଗର ସୁଧୀର ମଲହୋତ୍ରା କହିଛନ୍ତି ରେନଲ୍ଟ ଇଣ୍ଡିଆର ନେଟ୍‌ୱର୍କ ଉପସ୍ଥିତି ରଣନୈତିକ ଭାବେ ସମ୍ପ୍ରସାରିତ ହେଉଛି ଯାହାକି ହେଉଛି ଆମେ ଉଭୟ ଗ୍ରାହକ ଓ ଡିଲର ପାର୍ଟନରଙ୍କଠାରୁ ଗ୍ରହଣ କରୁଥିବା ଉତ୍ସାହଜନକ ପ୍ରତିକ୍ରିୟାର ସାକ୍ଷ୍ୟ ଅଟେ। ବର୍ତମାନ ସମରେ ଆମେ ନୂଆ ଡିଲରଙ୍କୁ ଆକର୍ଷିତ କରିବା ସହିତ ବିଦ୍ୟମାନ ପୁରୁଣା ପାର୍ଟନରଙ୍କଠାରୁ ଅଧିକ ନିବେଶ ଓ ସମ୍ପ୍ରସାରଣ ଅନୁରୋଧ ମଧ୍ୟ ହାସଲ କରୁଛୁ। ଏକ ବର୍ଦ୍ଧିତ ନେଟ୍‌ୱର୍କ ଉପସ୍ଥିତି ଆମ ପାଇଁ ଏହାକୁ ସମ୍ଭବ କରିଛି ଯାହାଫଳରେ ଆମେ ଦେଶବ୍ୟାପୀ ଅଧିକ ଗ୍ରାହକଙ୍କ ଆବଶ୍ୟକତାକୁ ପୂରଣ କରିପାରୁଛୁ ଏବଂ ଆମର ନିରନ୍ତର ବିକ୍ରି ସଂଖ୍ୟାରେ ଏକ ଗୁରୁତ୍ୱପୂର୍ଣ୍ଣ ଭୂମିକା ଗ୍ରହଣ କରିପାରୁଛୁ। ରେନଲ୍ଟ ଇଣ୍ଡିଆ ବିଭିନ୍ନ ଶୃଙ୍ଖଳାରେ ଆକର୍ଷଣୀୟ ଅଫର୍ ଘୋଷଣା କରିବା ସହିତ ସରକାରୀ ପବ୍ଲିକ୍ ସେକ୍ଟର କର୍ମଚାରୀ, କେନ୍ଦ୍ର ଓ ରାଜ୍ୟ ସରକାରଙ୍କ କର୍ମଚାରୀଙ୍କ ସମେତ ଡାକ୍ତର ଓ ଶିକ୍ଷକମାନଙ୍କ ପାଇଁ ସ୍ୱତନ୍ତ୍ର ଅଫର୍‌ମାନ ଘୋଷଣା କରିଛି। ଏହି ଅଫର୍‌ଗୁଡିକ ମଧ୍ୟରେ ୨୨,୦୦୦ ଟଙ୍କାର ଅତିରିକ୍ତ ସ୍ୱତନ୍ତ୍ର ଅଫର୍ ସାମିଲ ରହିଛି ଯାହାକୁ ପୂର୍ବରୁ ଡଷ୍ଟର ଉପରେ ୭୦,୦୦୦ ଟଙ୍କା ପର୍ଯ୍ୟନ୍ତ ଲାଭ, କ୍ୱିଡ୍ ଉପରେ ୪୦,୦୦୦ ଟଙ୍କା ପର୍ଯ୍ୟନ୍ତ ଲାଭ ଓ ଟ୍ରାଇବର ଉପରେ ୩୦,୦୦୦ ଟଙ୍କା ପର୍ଯ୍ୟନ୍ତ ଲାଭ ସହିତ ଆରମ୍ଭ କରାଯାଇଥିବା ଆକର୍ଷଣୀୟ ପାର୍ବଣ ଅଫର୍ ସହିତ ସାମିଲ କରାଯାଇଛି। ରେନଲ୍ଟ ଇଣ୍ଡିଆ ଡିଫେନ୍ସ (ସିଏସ୍‌ଡି) ଓ ପୋଲିସ୍ (ସିପିସି) ସର୍ଭିସ୍‌ମେନ୍‌ଙ୍କ ପାଇଁ ଦେଶବ୍ୟାପୀ ଉପଲବ୍ଧ କ୍ୟାନ୍‌ଟିନ୍ ଷ୍ଟୋର୍‌ଗୁଡିକ ମାଧ୍ୟମରେ ଏକ ବ୍ୟାପକ ଶୃଙ୍ଖଳାର ଉତ୍ପାଦ ପ୍ରଦାନ କରୁଛି। ରେନଲ୍ଟ ପକ୍ଷରୁ କ୍ରୟକୁ ଅଧିକ ସହଜ କରିବା ପାଇଁ ଆକର୍ଷଣୀୟ ଋଣ ଅଫର୍ ମଧ୍ୟ ଘୋଷଣା କରାଯାଇଛି। ଏଥିରେ କ୍ୱିଡ୍ ଓ ଟ୍ରାଇବର୍ ଉପରେ ୩.୯୯%ର ଏକ ସ୍ୱତନ୍ତ୍ର ସୁଧ ହାର ସାମିଲ ରହିଛି। ନୂତନ ଭାବେ ଲଂଚ୍ ହୋଇଥିବା ଡଷ୍ଟର ୧.୩ ଲିଟର ଟର୍ବୋ ଉପରେ ରେନଲ୍ଟ ୨୦,୦୦୦ ଟଙ୍କାର ଲୟାଲ୍‌ଟି ଲାଭ ଓ ୩ ବର୍ଷ କିମ୍ବା ୫୦,୦୦୦ କିମିର ଏକ ସହଜ କେୟାର ପ୍ୟାକେଜ୍ ଘୋଷଣା କରିଛି। ଉତ୍ପାଦ କ୍ଷେତ୍ରରେ ରେନଲ୍ଟ ଇଣ୍ଡିଆ ନିକଟରେ ୨୦୨୦ କ୍ୱିଡ୍ ନିଓଟେକ୍ ଏଡିସନ୍ ଶୁଭାରମ୍ଭ କରିଛି। ଏହି ଲିମିଟେଡ୍ ଏଡିସନରେ ଫାର୍ଷ୍ଟ-ଇନ୍- ସେଗ୍‌ମେଂଟ୍ ଷ୍ଟାଇଲିସ୍ ଓ ଫ୍ରେସ୍ ଡୁଆଲ ଟୋନ୍ ଏକ୍ସଟେରିୟର ଫିଚର ରହିଛି। ଉପଭୋକ୍ତାମାନେ ଦୁଇଟି କଲର୍ କମ୍ବିନେଶନ- ଜାନ୍‌ସ୍କାର ବ୍ଲୁ ବଡି ସହିତ ସିଲ୍‌ଭର ରୁଫ୍ ଏବଂ ସିଲ୍‌ଭର ବଡି ସହିତ ଜାନ୍‌ସ୍କାର ବ୍ଲୁ ରୁଫ୍ ମଧ୍ୟରୁ ଚୟନ କରିପାରିବେ। ୩୦,୦୦୦ ଟଙ୍କାର ଏକ ଇନ୍‌କ୍ରିମେଂଟାଲ ବୃଦ୍ଧି ସହିତ କ୍ୱିଡ୍ ନିଓଟେକ୍ ଏକ ଉନ୍ନତ ଭାଲ୍ୟୁ ପ୍ୟାକେଜ୍ ପ୍ରଦାନ କରୁଛି ଏବଂ ଏକାଧିକ ଉନ୍ନତ ଫିଚର ସହିତ ଗ୍ରାହକଙ୍କ ଲାଭକୁ ସର୍ବାଧିକ କରୁଛି।

# ଆପାହାତୁ ରେଳ ସାଇଡିଂର ଗ୍ରାମବାସୀଙ୍କ ଲୋଡିଂ ଅର୍ଥକୁ ଆତ୍ମସାତ ଉଦ୍ୟମ ଅଭିଯୋଗ

ଯୋଡା, (ପିଏନ): କେନ୍ଦୁଝର ଜିଲ୍ଲା ଯୋଡା ଖଣି ମଣ୍ଡଳର ଜୁରୁଡି ସ୍ଥିତ ଏସେଲ୍ ମାଇନିଂ ଇଣ୍ଡଷ୍ଟ୍ରିଜ୍ ଲିମିଟେଡ କମ୍ପାନୀର ଆପାହାତୁ ସ୍ଥିତ ରେଳ ସାଇଡିଂରେ ଗ୍ରାମବାସୀଙ୍କ ଲୋଡିଂ ଅର୍ଥକୁ ସ୍ଥାନୀୟ ଜଲହରି ସରପ ବାଟ ମାରଣା କରିଥିବା ଅଭିଯୋଗ ହୋଇଛି । ଜଲହରି ଗ୍ରାମବାସୀଙ୍କ ଅଭିଯୋଗ ଅନୁଯାୟୀ ଜଣାପଡିଛି ଯେ, ଏସେଲ୍ ଖଣି କମ୍ପାନୀର ନିଜସ୍ୱ ଆପାହାତୁ ରେଳ ସାଇଡିଂରେ ର୍‍ୟାକ୍ ଲୋଡିଂ ଆରମ୍ଭ ହେବା ବେଳେ ସ୍ଥାନୀୟ ଜଲହରି ଗ୍ରାମ ପ ାୟତ ବାସୀ ନିଯୁକ୍ତି, ଲୋଡିଂ ଓ ପରିବହନ କାର୍ଯ୍ୟ ଦାବିକରି ଆନ୍ଦୋଳନ କରିଥିଲେ । କମ୍ପାନୀ କର୍ତୃପକ୍ଷ ସ୍ଥାନୀୟ ସରପ , ସମିତି ସଭ୍ୟ ଓ ସ୍ଥାନୀୟ କିଛି ନେତୃଶ୍ରେଣୀୟ ବ୍ୟକ୍ତି ବିଶେଷଙ୍କ ସହିତ ଆଲୋଚନା କରି ରେଳ ସାଇଡିଂରେ ର୍‍ୟାକରେ ପରିବହନ ହେଉଥିବା ଖଣିଜର ପ୍ରତି ମେଟ୍ରିକ ଟନ୍ ହିସାବରେ ସ୍ଥାନୀୟ ଲୋକଙ୍କୁ ଦିଆଯିବାର ଚୁକ୍ତି ହୋଇଥିଲା । ଏହି ଚୁକ୍ତି ଅନୁଯାୟୀ ପ୍ରତି ର୍‍ୟାକ୍‌ରେ ପରିବହନ ହେଉଥିବା ଖଣିଜର ୮ ଟଙ୍କା ପ୍ରତି ମେଟ୍ରିକ ଟନ୍ ହିସାବରେ କମ୍ପାନୀ ସରପ ଙ୍କ ମାଧ୍ୟମରେ ଦେବାର ଚୁକ୍ତି କରିଥିଲା। ଗତ ପ୍ରାୟ କିଛି ମାସ ପୂର୍ବେ ସ୍ଥାନୀୟ ସରପ ମିତା ମୁଣ୍ଡା କମ୍ପାନୀ ଠାରୁ ପ୍ରାୟ ୪୦ ଲକ୍ଷରୁ ଊର୍ଦ୍ଧ୍ୱ ଟଙ୍କା ଉଠାଇ ନେଇ ସ୍ଥାନୀୟ କିଛି ଗ୍ରାମବାସୀଙ୍କୁ ମାତ୍ର ୧ ହଜାର ଟଙ୍କା ଲେଖାଏଁ ଦେଇ ଏକ ନିର୍ଦ୍ଦିଷ୍ଟ ଦଳର ସମର୍ଥକଙ୍କୁ ୮ ହଜାର ଟଙ୍କା ଲେଖାଏଁ ବନ୍‌ଟନ କରିଥିବାରୁ ଏହାକୁ କେନ୍ଦ୍ରକରି ସ୍ଥାନୀୟ ଅଂଚଳରେ ଉତେଜନା ପ୍ରକାଶ ପାଇ ଟଙ୍କା ପାଇନଥିବା ଗ୍ରାମବାସୀ ମାନେ ସରପ ଙ୍କୁ ପନ୍‌ଚାୟତ କାର୍ଯ୍ୟାଳୟରେ ଘେରି ମିଳିଥିବା ଟଙ୍କାର ହିସାବ କିତାବ ମାଗିଥିଲେ । ମାତ୍ର ସରପ ସେମାନଙ୍କୁ କୌଣସି ହିସାବ କିତାବ ନଦେଇ ଗ୍ରାମବାସୀଙ୍କ ସ୍ୱରକୁ ଚପାଇ ଦେଇଥିଲେ । ଉକ୍ତ ଘଟଣା ପରେ ରେଳ ସାଇଡିଂରେ ପ୍ରାୟ ୬ ମାସ ହେବ ରେଳ ର୍‍ୟାକ୍ ପରିବହନ ହୋଇଛି। ଏହି ପରିବହନ ହୋଇଥିବା ର୍‍ୟାକ ର ଲୋଡିଂ ଅର୍ଥକୁ ସ୍ଥାନୀୟ ସରପ କମ୍ପାନୀ ଠାରୁ ନେଇ ନିଜ ପାଖରେ ରଖି ଦୁର୍ଗାପୂଜାରେ ଲୋକଙ୍କୁ ବା ିନଥିବା ସ୍ଥାନୀୟ ଆଇଟିସି ଗ୍ରାମର ଲାଦୁ ମୁଣ୍ଡା, ଅଭିଯୋଗ କରିଛନ୍ତି । ଜୁରୁଡି ଅଂଚଳର ବିଶିଷ୍ଟ ଶ୍ରମିକ ନେତା ତଥା ସଂଗଠକ ମହେନ୍ଦ୍ର କୁମାର ମହାନ୍ତି, ଓ ତାଙ୍କର ସମର୍ଥକ ମହେଶ୍ୱର ପାତ୍ର, ପ୍ରଭୁରଂଜନ ଶତପଥୀ ପ୍ରମୁଖ ଅଭିଯୋଗ କରିଛନ୍ତି ଯେ, ଆପାହାତୁ ରେଳ ଲୋଡିଂ ଅର୍ଥକୁ ପ୍ରଭାବିତ ସ୍ଥାନୀୟ ଗ୍ରାମବାସୀଙ୍କୁ ଦେବା ପରିବର୍ତେ ଏହାକୁ ଆତ୍ମସାତ କରିବା ଉଦ୍ଦେଶ୍ୟରେ କାହାକୁ ଜଣାଇ ନାହାନ୍ତି । ଏ ସମ୍ପର୍କରେ ଶ୍ରମିକ ନେତା ଜଲହର ସରପ ମିତା ମୁଣ୍ଡାଙ୍କୁ ପଚାରିବାରୁ ସରପ କମ୍ପାନୀ ଠାରୁ ଉଠାଇଥିବା ଟଙ୍କା ସମ୍ପର୍କରେ ତଥ୍ୟ ନଦେଇ ଲୁଚାଉଥିବା ଅଭିଯୋଗ କରିଛନ୍ତି । ଆପାହାତୁ ରେଳ ସାଇଡିଂ ରେ ରେଳ ଲୋଡିଂ ଆରମ୍ଭ ହେବାଠାରୁ ଆଜି ପର୍ଯ୍ୟନ୍ତ ହୋଇଥିବା କାର୍ଯ୍ୟର ହିସାବ କିତାବ ରଖିବାକୁ ଅନୁରୋଧ କରିଥିଲେ ହେଁ ସରପ ଏହାକୁ ଅଣଦେଖା କରୁଥିବା କହିଛନ୍ତି । ସ୍ଥାନୀୟ ସରପ ମିତା ମୁଣ୍ଡା, ପୂର୍ବତନ ସରପ ରାଧାକାନ୍ତ ନାଏକ ଓ ଏକ ନିର୍ଦ୍ଦିଷ୍ଟ ଦଳର କିଛି ସମର୍ଥକଙ୍କ ସହ ମିଶି ଏହି ଅର୍ଥ ହରିଲୁଟ୍ ଉଦ୍ୟମ କରାଯାଉଥିବା ସେ ଅଭିଯୋଗ କରିଛନ୍ତି । ଏ ସମ୍ପର୍କରେ ଜଲହରି ସରପ ମିତା ମୁଣ୍ଡା କୌଣସି ଉତର ଦେଇନଥିଲେ ହେଲେ ପୂର୍ବତନ ଜଲହରି ସରପ ଇଂ ରାଧାକାନ୍ତ ନାଏକ ପ୍ରତିକ୍ରିୟା ଦେଇ କହିଥିଲେ ଯେ, ଏ ବାବଦରେ ସେ ଅନଭିଜ୍ଞ ତାଙ୍କ ନାମରେ ମିଥ୍ୟା ଅପପ୍ରଚାର କରାଯାଉଛି ।

# କମ୍ପାକ୍ଟ ଏସ୍‌ୟୁଭି ମାରୁତି ସୁଜୁକି ଭିଟାରା ବ୍ରିଜାର ୫.୫ ଲକ୍ଷ ବିକ୍ରି ସହ ଅଗ୍ରଣୀ ସ୍ଥାନ ଅଧିକାର

ଭୁବନେଶ୍ୱର: ଭାରତର ଏକ ନମ୍ବର ଏସୟୁଭି ମାରୁତି ସୁଜୁକି ଭିଟାରା ବ୍ରିଜା ମାତ୍ର ୪.୫ ବର୍ଷର କମ୍ ସମୟ ଭିତରେ ୫.୫ ଲକ୍ଷ ବିକ୍ରି ଉତ୍ସବ ପାଳନ କରିଛି। ବର୍ତମାନ ସୁଦ୍ଧା ଯେକୌଣସି କମ୍ପାକ୍ଟ ଏସ୍‌ୟୁଭି ପାଇଁ ଏହି ସଫଳତା ଦ୍ରୁତତମ। ୨୦୧୬ ଆଦ୍ୟ ଭାଗରେ ଉନ୍ମୋଚିତ ହୋଇଥିବା ଭିଟରା ବ୍ରିଜା କମ୍ପାକ୍ଟ ଏସ୍‌ୟୁଭି କ୍ଷେତ୍ରରେ ଏହାର ଗ୍ଲାମରସ୍ ଲୁକ୍ ସହିତ ବିପ୍ଳବ ଆଣିଥିଲା ଯାହା ପୂର୍ବରୁ ଏହି କ୍ଷେତ୍ରରେ ଦେଖିବାକୁ ମିଳୁନଥିଲା। ଲୁକ୍, ପ୍ରଦର୍ଶନ ଏବଂ ଚଲାଇବାରେ ସହଜତା ଦୃଷ୍ଟିରୁ ଏକ ସମ୍ପୂର୍ଣ୍ଣ ପ୍ୟାକେଜ୍ ଭାବେ ଏହା ଗ୍ରାହକ ଏବଂ କ୍ରିଟିକ୍ (ସମାଲୋଚକ) ପ୍ରଶଂସା ତୁରନ୍ତ ପାଇଥିଲା। ଉତ୍ପତି ସମୟରୁ ବ୍ରାଣ୍ଡ୍ ଭିଟାରା ବ୍ରିଜାକୁ କମ୍ପାକ୍ଟ ଏସ୍‌ୟୁଭି ଗ୍ରାହକମାନଙ୍କ ସ୍‌ବତନ୍ତ୍ର ଜୀବନଶୈଳୀକୁ ବିଚାରକୁ ନେଇ ସେମାନଙ୍କ ଉଦୀୟମାନ ଆବଶ୍ୟକତା ଅନୁସାରେ ଡିଜାଇନ୍ କରାଯାଇଥିଲା। ଗ୍ରାହକମାନଙ୍କ ଆବଶ୍ୟକତାରେ ହେଉଥିବା ଦ୍ରୁତ ପରିବର୍ତନ ପ୍ରତି ପ୍ରତିକ୍ରିୟା ପ୍ରଦାନ କରି ସମ୍ପୂର୍ଣ୍ଣ ନୂଆ ଭିଟାରା ବ୍ରିଜାକୁ ୨୦୨୦ ଅଟୋ ଏକ୍ସପୋରେ ସତେଜ ଭାବେ ଉପସ୍ଥାପନ କରାଯାଇଥିଲା। ଏବେ ଏଥିରେ ସୁଦୃଢ଼ ଏବଂ ଶକ୍ତିଶାଳୀ ୪ ସିଲିଣ୍ଡର ୧.୫ ଲିଟର କେ-ସିରିଜ୍ ବିଏସ୍୬ ପେଟ୍ରୋଲ୍ ଇଞ୍ଜିନ ରହିଛି, ସବୁଠୁ ଅଧିକ ପୁରସ୍କାର ପାଇଥିବା ଏହି କମ୍ପାକ୍ଟ ଏସ୍‌ୟୁଭି ଅତୁଳନୀୟ ଗାଡ଼ି ଚାଳନା ଅନୁଭୂତି ପ୍ରଦାନକରିବା ପାଇଁ ଶକ୍ତି, ସ୍ପୋର୍ଟିନେସ୍ ଓ ସହଜତାର ଏକ ସମ୍ପୂର୍ଣ୍ଣ ସମିଶ୍ରଣ ପ୍ରଦାନ କରୁଛି। ଭିଟାରା ବ୍ରିଜାର ଏକ ନିର୍ଦ୍ଦିଷ୍ଟ ଲାଭ ହେଉଛି ଏହାର ହୁଡ୍ ତଳେ ଏକ ବଡ଼, ପ୍ରତିକ୍ରିୟାଶୀଳ ଓ ପେପି ୧.୫ ଲିଟର ପେଟ୍ରୋଲ୍ ଇଞ୍ଜିନ ରହିଛି। ଗ୍ରାହକମାନେ ଚାହିଦା ସମୟରେ ଆକର୍ଷଣୀୟ ମାର୍ଜିତ ଏବଂ ଅତୁଳନୀୟ ଶକ୍ତି ପାଇପାରିବେ। ଏହି ସଫଳତା ସମ୍ପର୍କରେ ଶ୍ରୀଯୁକ୍ତ ଶଶାଙ୍କ ଶ୍ରୀବାସ୍ତବ, କାର୍ଯ୍ୟନିର୍ବାହୀ ନିର୍ଦ୍ଦେଶକ (ମାର୍କେଟିଂ ଓ ସେଲସ୍), ମାରୁତି ସୁଜୁକି ଇଣ୍ଡିଆ ଲିମିଟେଡ୍ କହିଛନ୍ତି ଯେ, “ଏହା ଉନ୍ମୋଚନ ହେବା ପରଠାରୁ କମ୍ପାକ୍ଟ ଏସ୍‌ୟୁଭି ବର୍ଗରେ ଏହାର ଦବଦବା ରହିଛି। ଏକ ଧାରା ସୃଷ୍ଟିକାରୀ ଭାବେ ଏହାର ଦୃଢ଼ ଡିଜାଇନ୍ ଭାଷା, ଶକ୍ତିଶାଳୀ ପ୍ରଦର୍ଶନ ଏବଂ ସ୍ପୋର୍ଟି ଚରିତ୍ର ପାଇଁ ଏହା ଏସ୍‌ୟୁଭି ଗ୍ରାହକଙ୍କ ଅଭିଳାଷ ସହ ଯୋଡ଼ିହୋଇଯାଇଛି। ଏହା ଶୀଘ୍ର ସବୁଠୁ ଅଧିକ ପୁରସ୍କାରପ୍ରାପ୍ତ କମ୍ପାକ୍ଟ ଏସ୍‌ୟୁଭିରେ ପରିଣତ ହେବା ସହ ବିକ୍ରି ସାରଣୀରେ ଦବଦବା ବଜାୟ ରଖିଥିଲା। ଶକ୍ତିଶାଳୀ ୧.୫ ଲିଟର ପେଟ୍ରୋଲ୍ ଇଞ୍ଜିନ ଉପସ୍ଥାପନ କରାଯିବା ସହ ଅନେକ ସଂଖ୍ୟକ ଡିଜାଇନ୍ ଅପ୍‌ଡେଟ୍‌କୁ ନେଇ ଭିଟାରା ବ୍ରିଜା ଗ୍ରାହକମାନଙ୍କୁ ଆହୁରି ଉଲ୍ଲସିତ କରିଛି ଏବଂ ଏହି କ୍ଷେତ୍ରରେ ନିଜର ସ୍ଥିତିକୁ ଆହୁରି ସୁଦୃଢ଼ କରିପାରିଛି। ୫.୫ ଲକ୍ଷ ବିକ୍ରି ମାଇଲଖୁଂଟ ସହ ଭିଟାରା ବ୍ରିଜା ହେଉଛି ନିରନ୍ତର ଭାବେ ନବସୃଜନ ପାଇଁ ଆମ ଉଦ୍ୟମର ଶ୍ରେଷ୍ଠ ସ୍ୱୀକୃତି ଏବଂ ପ୍ରଚଳିତ ଗ୍ରାହକ ପସନ୍ଦ ଏବଂ ବଜାର ଧାରା ଅନୁସାରେ ଏହା ମାରୁତି ସୁଜୁକିର ଉତ୍ପାଦ ପୋର୍ଟଫୋଲିଓକୁ ଆହୁରି ସୁଦୃଢ଼ କରିପାରିଛି।''

# କ୍ରସରରେ ଚାପିହୋଇ ଜଣେ ଶ୍ରମିକ ମୃତ, ଅନ୍ୟ ଜଣେ ଗୁରୁତର

ଧର୍ମଶାଳା,(ପିଏନ୍): ଧର୍ମଶାଳା ତହସିଲ ଜେନାପୁର ଥାନା ଅ'ର୍ଗତ ରହାଡପୁରସ୍ଥିତ ଏକ କ୍ରଶର୍ ରେ କାମ କରୁଥିବା ବେଳେ ଅଘଟଣ ଘଟି ଜଣେ ଶ୍ରମିକ ଙ୍କ ମୃତ୍ୟୁ ଘଟିଥିବା ବେଳେ ଜଣେ ଗୁରୁତର ଆହତ ହୋଇଥିବା ଜଣାପଡିଛି । ମୃତ ଶ୍ରମିକ ଜଣକ ପଶ୍ଚିମବଙ୍ଗ ବାଙ୍କୁଡା ଜିଲ୍ଲା ଖଜୁରିଆ ଗ୍ରମର ଶ୍ୟମଚରଣ ହଂସଦା (୪୫) ଓ ଆହତ ଜଣକ ସେହି ଗ୍ରାମର ଅନିଲ ସୋରେନ (୩୨) ବୋଲି ଜଣାପଡିଛି ସୂଚନା ମୁତାବକ ରହାଡପୁର ରେ ଥିବା ଶିବଶକ୍ତି ମେଗା କ୍ରାସର ରେ ଆଜି ସକାଳୁ ଶ୍ରମିକମାନେ କାମ କରୁଥିବା ବେଳେ ଅସାବଧାନତା ବସତ କ୍ରଶର ଚକରେ ଚାପି ହୋଇ ଜଣକର ମୃତ୍ୟୁ ଘଟିଥିବା ବେଳେ ଆନ୍ୟ ଜଣେ ଶ୍ରମିକ ଗୁରୁତର ଆହତ ହୋଇଥିଲେ । ଦୁର୍ଘଟଣାରେ ଆହତ ଶ୍ରମିକଙ୍କୁ ସ୍ଥାନୀୟ ଶ୍ରମିକମାନେ ଉଦ୍ଧାର କରି ବଡଚଣା ଡାକ୍ତରଖାନାରେ ଭର୍ତି କରିଥିଲେ । ଅବସ୍ଥା ଗୁରୁତର ହେବାରୁ ତାଙ୍କୁ କଟକ ସ୍ଥାନାନ୍ତର କରାଯାଇଛି । ଘଟଣାସ୍ଥାଳରେ ମୃତ୍ୟୁ ଘଟିଥିବା ଶ୍ରମିକର ମୃତଦେହକୁ କ୍ରଶର ପରିଚାଳନା ଦାୟିତ୍ୱରେ ଥିବା କର୍ମଚାରୀ ଏକ ମହେନ୍ଦ୍ର ପିକଅପଭ୍ୟାନରେ ଉଠିକରି ମୃତକର ଶବ କୁ ଅନ୍ୟତ୍ର ନେଇଯାଉଥିବା ବେଳେ ଶବକୁ ଗାଏବ୍ କରିବା ଅଭିଯୋଗ କରି ସ୍ଥାନୀୟ ଲୋକେ ସମ୍ପାରୁ ଛକରେ ମୃତ ଦେହକୁ ଅଟକ ରଖି ରାସ୍ତା ରୋକ କରିଥିଲେ। ଫଳରେ ସେଠାରେ କିଛି ସମୟ ପାଇଁ ଚାପା ଉତେଜନା ପ୍ରକାଶ ପାଇଥିଲା । ଖବର ପାଇ ଘଟଣା ସ୍ଥଳରେ ଯାଜପୁର ରୋଡ ଏସଡିଓ ସୟ କୁମାର ପଟ୍ଟନାୟକ, ବଡ଼ଚଣା ଥାନା ଅଧିକାରୀ ଶରତ କୁମାର ପାତ୍ର, ଧର୍ମଶାଳା ଥାନା ଅଧିକାରୀ ତପନ କୁମାର ନାୟକ, ଜେନାପୁର ଥାନା ଅଧିକାରୀ ଶୁଭେନ୍ଦୁ କୁମାର ସାହୁଙ୍କ ସମେତ ଥାନା କର୍ମଚାରୀମାନେ ସେଠାରେ ଉପସ୍ଥିତ ରହି ଲୋକଙ୍କୁ ବୁଝାଶୁଝା କରିଥିଲେ । ମୃତକର ପରିବାରକୁ ୫୦ ଲକ୍ଷ ଟଙ୍କା କ୍ଷତିପୂରଣ ପ୍ରଦାନ କରିବା ସହ ବେଆଇନ କ୍ରଶର ଗୁଡିକୁ ଚିହ୍ନଟ କରି କାର୍ଯ୍ୟାନୁଷ୍ଠାନ ଗ୍ରହଣ କରିବାକୁ ଦାବି କରିବା ସହ ଗ୍ରାମବାସିମାନେ ଲିଖିତ ଆକାରରେ ପୁଲିସ ନିକଟରେ ଅଭିଯୋଗ କରିଥିଲେ । ତେବେ ମୃତକର ପରିବରକୁ କ୍ଷତିପୂରଣ ପ୍ରଦାନ ସହିତ ବେଆଇନ କ୍ରଶର ଗୁଡିକ ଚିହ୍ନଟ କରି କାର୍ଯ୍ୟାନୁଷ୍ଠାନ ପାଇଁ ତହସିଲଦାରଙ୍କୁ ଅବଗତ କରାଯିବା ନେଇ ପୁଲିସ ପକ୍ଷରୁ ପ୍ରତିସ୍ରୁତି ମିଳିବା ପରେ ଲୋକେ ଶବକୁ ଛାଡିବା ସହିତ ରାସ୍ତାରୋକରୁ ହଟିଥିଲେ। ଏନେଇ ଜେନାପୁର ପୁଲିସ ଏକ କେଶ ରୁଜୁ କରି ମୃତଦେହକୁ ଜବତ କରି ବ୍ୟବଛେଦଲାଗି ପଠାଇବା ସହ ତଦନ୍ତ ଚଳାଇଛି ।

# କ୍ୟାନନ ଇଣ୍ଡିଆ ଗ୍ରାହକଙ୍କ ପାଇଁ ଆକର୍ଷଣୀୟ ନୂଆ ଅଫର ସହିତ ଉତ୍ସବରେ ଉଲ୍ଲାସ ଭରିଛି

ଭୁବନେଶ୍ୱର: ଚଳିତ ବର୍ଷ ଉତ୍ସବକୁ ପାଳନ କରିବା ଲାଗି ପ୍ରସ୍ତୁତ ହେବା ଏବଂ ଗ୍ରାହକମାନଙ୍କୁ ଉଲ୍ଲସିତ କରିବା ଲାଗି ପ୍ରତିବଦ୍ଧ କ୍ୟାନନ ଇଣ୍ଡିଆ ପକ୍ଷରୁ ଏହି ଉତ୍ସବ ଋତୁରେ ଖୁସିକୁ ଦ୍ୱିଗୁଣିତ କରିବା ଲାଗି ଅନେକ ଗ୍ରାହକ କୈନ୍ଦ୍ରିକ ଅଫର ଓ ସୁବିଧା ଘୋଷଣା କରାଯାଇଛି। ଏହି ଉତ୍ସବ ଋତୁରେ ଫଟୋଗ୍ରାଫି ସଂସ୍କୃତିର ପ୍ରସାର କରିବା ଏବଂ ଫଟୋଗ୍ରାଫି ପ୍ରେମୀଙ୍କ ମଧ୍ୟରେ ଉତ୍ସାହକୁ ଜାଗ୍ରତ କରିବା ଲାଗି କ୍ୟାନନ ଇଣ୍ଡିଆ ପକ୍ଷରୁ ଏହାର ଇମେଜିଂ ଉତ୍ପାଦ ଉପରେ ଆକର୍ଷଣୀୟ ଅଫର ଘୋଷଣା କରାଯାଇଛି। ରଙ୍ଝ ଗ୨୦୦,କିଣା ଉପରେ ଗ୍ରାହକମାନେ ୭୯୯୯/ୟୁ ମୂଲ୍ୟର ବ୍ଲାପଙ୍କଟ ଇୟରବଡ ବିନା ମୂଲ୍ୟରେ ପାଇବେ ଏବଂ ଏହି ରିଡିଫଂସନ ଭିତିକ ଅଫର ୨୦୨୦ ଅକ୍ଟୋବର ପର୍ଯ୍ୟନ୍ତ ବୈଧ ରହିବ। ପୁନଶ୍ଚ, ଗ୍ରାହକମାନେ ବର୍ଦ୍ଧିତ ୩ ବର୍ଷର ୱାରେଂଟି ଉପଭୋଗ କରିବେ ଯାହା କ୍ୟାନନର ସମସ୍ତ ଫୁଲ ଫ୍ରେମ କ୍ୟାମେରାରେ ଉପଲବ୍ଧ ହୋଇଛି। ଏହି ଦୁର୍ଗାପୂଜା ଓ ନବରାତ୍ରୀ ପାଳନକୁ ଅଧିକ ଉଲ୍ଲାସର ସହ ପାଳନ କରି ବ୍ରାଣ୍ଡ ପକ୍ଷରୁ କ୍ୟାନନ ସହିତ ଗ୍ରାହକଙ୍କ ସପିଂ ଅନୁଭୂତି ବଢ଼ାଇବା ଲାଗି ସେମାନଙ୍କୁ ଆକର୍ଷଣୀୟ ଇଏମଆଇ ଓ କ୍ୟାସବ୍ୟାକ ଅଫର ପ୍ରଦାନ କରାଯାଉଛି। ଏହି ଆକର୍ଷଣୀୟ ଅଫରକୁ ଉନ୍ମୋଚନ କରି ଶ୍ରୀଯୁକ୍ତ କାଜୁଟାଡା କୋବାୟାସି, ସଭାପତି ଓ ସିଇଓ, କ୍ୟାନନ ଇଣ୍ଡିଆ କହିଛନ୍ତି ଯେ, ଌକ୍ରଙ୍କକ୍ସ୍ପ;କୋଭିଡ-୧୯ ପାଇଁ ଚଳିତ ବର୍ଷ ସାରା ବିଶ୍ୱର ବ୍ୟକ୍ତିବିଶେଷ ଓ ସଂସ୍ଥାଗୁଡ଼ିକ ଅଭାବନୀୟ ସ୍ଥିତି ସାମ୍ନା କରିଛନ୍ତି, ମାତ୍ର ଦୃଢ଼ ଭାବେ ଉଭା ହେବା ପାଇଁ ଆମେ ସମସ୍ତେ ସହନଶୀଳତା ଓ ଇଚ୍ଛାଶକ୍ତି ପ୍ରଦର୍ଶନ କରିଛୁ।ଉତ୍ସବ ଋତୁ ପାଖେଇ ଆସିଥିବା ବେଳେ ଚର୍ତୁପାର୍ଶ୍ୱରେ ଖୁସି ବାଂଟିବା ପାଇଁ ଓ ମାନବିକତା ଓ ଏକତ୍ୱର ଭାବ ପାଳନ କରିବା ଲାଗି ଏହା ସମସ୍ତ ପାଇଁ ଏକ ଅବସର। ଯଦିଓ ଚଳିତ ବର୍ଷର ଉତ୍ସବ ପାଳନ କ୍ଷୁଦ୍ର ଆକାରରେ ହେବ, ମାତ୍ର ଆମକୁ ଉପସ୍ଥାପନ କରାଯାଉଥିବା ମୁହୂର୍ତଗୁଡ଼ିକୁ ପାଳନ କରିବା ଅଧିକ ଗୁରୁତ୍ୱପୂର୍ଣ୍ଣ। ଏହି ଉତ୍ସବ ଋତୁରେ ଆମର ଅଫର ଏବଂ ଅଧିକ ସୁବିଧା ଜରିଆରେ ଆମେ ଗ୍ରାହକଙ୍କ ମନରେ ଖୁସି ଆଣିବା ଏବଂ ସେମାନଙ୍କ ଉଲ୍ଲାସକୁ ଦ୍ୱିଗୁଣିତ କରିବାରେ ପ୍ରମୁଖ ପ୍ରତ୍ୟକ୍ଷ ଭୂମିକା ନିର୍ବାହ କରିବାକୁ ଋହୁଛୁ। ଗ୍ରାହକଙ୍କ ଉଲ୍ଲାସ ନେଇ ରହିଥିବା ଆମର ଦର୍ଶନ ଅନୁସାରେ ଆମେ ବାସ୍ତବରେ ବିଶ୍ୱାସ କରୁଛୁ ଯେ ଜଣେ ଖୁସି ଗ୍ରାହକ ବ୍ରାଣ୍ଡର ଉଲ୍ଲେଖନୀୟ ବୃଦ୍ଧି କରିଥାନ୍ତି। ଆମର ସର୍ବଭାରତୀୟ ଅଭିଯାନ ଓ ବ୍ୟକ୍ତିଗତ ସୁହାଇବା ଭଳି ଅଫର ଜରିଆରେ ଆମେ ଆମର ଉତ୍ପାଦ
ଜରିଆରେ ବଜାରକୁ ଅଧିକ୍ ବରାନ୍ୱିତ କରିବା ଏବଂ ଆମର ଅଭିବୃଦ୍ଧିକୁ ବର୍ଷ ଶେଷସୁଦ୍ଧା ବାଇବାକୁ ଆଶା ରଖିଛୁ। ଏହି ଅଫରଗୁଡ଼ିକ କ୍ୟାମେରା ଠାରୁ ଆଗକୁ ବଢ଼ି ପ୍ରିଂଟର ବର୍ଗରେ ମଧ୍ୟ ପ୍ରଦାନ କରାଯାଉଛି।

# ଲିଜଧାରୀ ନିୟମ ବୈହିର୍ଭୁତ ଭାବେ ବାଲି ଖଦାନ ଚଳାଉଥିବା

ବାଲେଶ୍ୱର,(ପି.ଏନ): ସଦର ବ୍ଲକ ଅନ୍ତର୍ଗତ ନଗ୍ରମ ଗ୍ରାମ ପଞ୍ଚାୟତ ଓ ରେମୁଣା ବ୍ଲକ ଦହପଡ଼ା ଗ୍ରାମ ପଞ୍ଚାୟତର ଫୁଲଓ୍ୱାର କଷବା, କାଳିପୁର, ଖେଜୁରପୁର, ଦହପଡ଼ା, କଣ୍ଟାବଣିଆ, ଗମ୍ଭାରିଆ ଓ ଧରମପୁର ଗ୍ରାମର ଗ୍ରାମବାସୀ ମାନେ ଲିଜ ନେଇଥିବା ଅରୁଣାକର ଦାସଙ୍କ ବିରୁଧରେ ଜିଲ୍ଲାପାଳଙ୍କୁ ଏକ ଦାବି ପ୍ରଦାନ କରିଛନ୍ତି। ବାଲି ଉଠାଇବା ନିମନ୍ତେ କୌଣସି ଯାନ୍ତ୍ରିକ ବ୍ୟବସ୍ଥା ନିୟମ ନ ଥିବା ବେଳେ ପ୍ରତିଦିନ ପୋକ୍ଲେନ ମେସିନ ମାଧ୍ୟମରେ ନଦୀ ଗର୍ଭରୁ ବେଆଇନ ଭାବରେ ସହ ସହ ସିୟୁଏମ ବାଲି ଉତ୍ତୋଳନ କରୁଛନ୍ତି। ଏହି ବାଲି ସୌରାତ୍ ଚଳାଇବା ପାଇଁ ସମୁଦାୟ ୩୭ ହଜାର ୪୦୦ ସିୟୁଏମ ବାଲି ଉତ୍ତୋଳନ ପାଇଁ ଅନୁମତି ଅଛି। ୦.୩ ମିଟର ହିସାବରେ ୍ୱବର୍ଷକୁ ଯେତିକି ବାଲି ଉତ୍ତୋଳନ କରିବା କଥା ପ୍ରତିଦିନ ଏହି ମେସିନ ସାହାଯ୍ୟରେ ବେଆଇନ ଭାବେ ବହୁତ ଅଧିକ ବାଲି ଉତ୍ତୋଳନ କରାଯାଉଛି। ଏହା ଦ୍ୱାରା ସରକାର ଉକ୍ତ ସୈରାତ୍‌କୁ ବାର୍ଷିକ ଲକ୍ଷ ଲକ୍ଷ ଟଙ୍କା ରାଜସ୍ୱ ହରାଉଥିବାର ଜଣାପଡୁଛି। ଅଧିକ ବାଲି ଉତ୍ତୋଳନ ଓ ପରିବହନ ଜଣା ପଡିଯିବା ଭୟରେ ତହସିଲ କାର୍ଯ୍ୟାଳୟରୁ ମିଳିଥିବା କେଫର୍ମ ଜାଣିଶୁଣି ଗାଡ଼ିକୁ ଦିଆଯାଉ ନାହିଁ। ଉକ୍ତ ବାଲି ସୈରାତ କୌଣସି ଗୋଟିଏ ମଧ୍ୟ ନିୟମର ସର୍ତ ଅନୁସରଣ କରୁ ନାହିଁ ଏବଂ ଏହା ଜାତୀୟ ସବୁଜ ପ୍ରାଧିକରଣ (ଏନଜିଟି) ପାସ ହୋଇଛି କି ନାହିଁ ତାହା ମଧ୍ୟ ସନ୍ଦେହ ସୃଷ୍ଟି ହେଉଛି। ନଦୀ ପଠାରୁ ୪୦ ମିଟର ଛାଡ଼ି ଓ ମାତ୍ର ୦.୩ ମିଟର ଗଭୀର ପର୍ଯ୍ୟନ୍ତ ବାଲି ଉଠାଇବାର ନିୟମ ଥିବା ବେଳେ ଉକ୍ତ ଲିଜ୍‌ଧାରୀ ଏହାର ସମ୍ପୂର୍ଣ୍ଣ ଓଲଟା ଅର୍ଥାତ ନଦୀ ପଠାକୁ ଖୋଳି ଡମ୍ଫର ସାହାଯ୍ୟର ସହ ସହ ଟ୍ରିପ ମାଟି ବିକ୍ରି କରୁଛନ୍ତି। ଫଳରେ ନଦୀ ଗର୍ଭରେ ୫୦ ରୁ ୬୦ ଫୁଟ ପର୍ଯ୍ୟନ୍ତ ଗଣ୍ଡ ସୃଷ୍ଟି ହୋଇ କିଛି ଲୋକ ନଦୀରେ ଗାଧଇବା ସମୟରେ ପାଣିରେ ବୁଡ଼ିଯାଇ ମୃତ୍ୟୁ ବରଣ କରୁଥିବା ଉଦାହରଣ ମଧ୍ୟ ରହିଛି। ନଦୀ ଜଳଠାରୁ ମାଟି ଖୋଳି ବିକ୍ରି କରିବା ଫଳରେ ବୁଢ଼ାବଳଙ୍ଗ ନଦୀରେ ବନ୍ୟା ଆସିଲେ ନଦୀର ଗତିପଥ ପରିବର୍ତନ ହୋଇ ଗ୍ରାମ ଗୁଡ଼ିକ ନଦୀ ଗର୍ଭରେ ଲୀନ ହେବାର ଆଶଙ୍କା ମଧ୍ୟ ସୃଷ୍ଟି ହୋଇଛି। ବର୍ତମାନ ଗ୍ରୀଷ୍ମ ସମୟରେ ଗୋରୁ ଗାଇ, ଛେଳି ଇତ୍ୟାଦି ପ୍ରାଣି ମାନେ ପାଣି ପିଇବା ପାଇଁ ନଦୀକୁ ଯିବା ବେଳେ ନଦୀ ପାଣି ଗୋଳିଆ ହୋଇଯାଇଥିବାରୁ ପାଣି ମଧ୍ୟ ପିଇ ପାରୁ ନାହାନ୍ତି।ରାଜ୍ୟ ପରିବେଶ ଓ ପ୍ରଭାବ ମୁଲ୍ୟାୟନ କର୍ତ୍ତୃପକ୍ଷଙ୍କ ଜଣେ ବରିଷ୍ଠ ବୈଜ୍ଞାନିକ, ରାଜ୍ୟ ପ୍ରଦୁଷଣ ବୋର୍ଡ଼ର ବରିଷ୍ଠ ବୈଜ୍ଞାନିକ, ଜିଲ୍ଲାପାଳ କିମ୍ବା ତାଙ୍କ କେହି ପ୍ରତିନିଧି ଓ ଜିଲ୍ଲା ଖଣି ଅଧିକାରୀଙ୍କୁ ନେଇ ଏକ କମିଟି ଗଠନ କରାଯାଇ ସସବା ଦହପଡ଼ା ବାଲି ସୈରାତକୁ ନିରପେକ୍ଷ ତଦନ୍ତ କରି ଯଦି ଆଇନ ବୈହିର୍ଭୁତ କାର୍ଯ୍ୟ କରାଯାଇ ଥାଏ ତାହାହେଲେ ଲିଜ୍‌ଧାରୀ କରୁଣାକର ଦାସଙ୍କ ଉପରେ ଦିତ କାର୍ଯ୍ୟାନୁଷ୍ଠାନ ନେବାକୁ ଏହି ୨ ଟି ଗ୍ରାମ ପଞ୍ଚାୟତର ଅଧିବାସୀ ମାନେ ଦାବି କରିଛନ୍ତି।




# ଅସାମ୍ବିଧାନିକ ଉପାୟରେ ଜିଗ୍ନେସ୍ ମେୱାନିଙ୍କୁ ଗିରଫ କରିବା ନିନ୍ଦନୀୟ

ଭୁବନେଶ୍ୱର (ପିଏନ୍): ଜିଗ୍ନେସ ମେୱାନିଙ୍କୁ ଅସାମ୍ବିଧାନିକ ଉପାୟରେ ଗିରଫ ପ୍ରତିବାଦ ଓ ତୁରନ୍ତ ଖଲାସ ଦାବିରେ ପ୍ରଦେଶ କଂଗ୍ରେସ ଅନୁସୂଚିତ ଜାତି ବିଭାଗ ଅଧ୍ୟକ୍ଷ ବାଙ୍କନିଧି ବେହେରାଙ୍କ ନିର୍ଦ୍ଦେଶକ୍ରମେ ଅନୁସୂଚିତ ଜାତି ବିଭାଗ ପକ୍ଷରୁ ମାନ୍ୟବର ରାଜ୍ୟପାଳଙ୍କୁ ଏକ ସ୍ମାରକପତ୍ର ପ୍ରଦାନ କରାଯାଇଅଛି । ଶ୍ରୀଯୁକ୍ତ ଜିଗ୍ନେସ ମେୱାନି ଜଣେ ଦକ୍ଷ, ବିଶିଷ୍ଟ ଦଳିତ ନେତା ଓ ବିଧାୟକ ବାଗାଦାମ ବିଧାନସଭା ନିର୍ବାଚନ ମଣ୍ଡଳି (ଗୁଜରାଟ) ଗତ.୨୧.୦୪.୨୦୨୨ତାରିଖ ମଧ୍ୟରାତ୍ରିରେ ଗୁଜରାଟର ପାଲାନପୁର ସର୍କିଟ୍ ହାଉସ୍‌ରୁ ଆସାମ ପୋଲିସ୍ ଗିରଫ କରିଛନ୍ତି ବୋଲି ଆମ୍ଭ ନଜରକୁ ଆସିଛି । ନିକଟରେ ବିଜେପି ନେତା ଓ କେନ୍ଦ୍ର ଗୃହମନ୍ତ୍ରୀ ଅମିତ ଶାହ ଅଭିଯୋଗ କରିଛନ୍ତି ଯେ, ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦିଙ୍କ ସମ୍ପର୍କରେ ଜିଗ୍ନେସ ମେୱାନି କରିଥିବା ଟ୍ୱିଟ୍ ଏକ ଅବାସ୍ତବ । ଆସାମର କୋକ୍ରୋଝର ଜିଲ୍ଲାର ଏକ ବିଜେପି ନେତା ଅରୁପ କୁମାର ଦେଙ୍କ ଅଭିଯୋଗ କ୍ରମରେ ଦର୍ଶାଇଛନ୍ତି ଯେ ଜିଗ୍ନେସ ମେୱାନିଙ୍କ ଟ୍ୱିଟ୍ କିଛି ଗୋଷ୍ଠୀର ଜନସାଧାରଣଙ୍କ ମଧ୍ୟରେ ଉତ୍ତେଜନା ସୃଷ୍ଟି କରିବ ଓ ସଂହତିରେ ବାଧା ସୃଷ୍ଟି କରିବ । ଜଣେ ବିଜେପି କର୍ମୀଙ୍କ ଅଭିଯୋଗ କ୍ରମେ ଜଣେ ନିର୍ବାଚିତ ଜନପ୍ରତିନିଧିଙ୍କୁ ଏଭଳି ଭାବରେ ଗିରଫ କରାଯିବା, ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦିଙ୍କ ସମ୍ପର୍କରେ ଏକ ଟ୍ୱିଟ୍‌କୁ ନେଇ ଆସାମ ମୁଖ୍ୟମନ୍ତ୍ରୀ ହେମନ୍ତ ବିଶ୍ୱକର୍ମାଙ୍କର ସରକାର ଏକ ଭୀରୁ ଏବଂ ପ୍ରତିଶୋଧପରାୟଣ, ବିଜେପି ସରକାର ବୋଲି ମନେହୁଏ । କେହିବି ଦଳିତ, ଆଦିବାସୀ ଓ ବଂଚିତ ବର୍ଗ ପାଇଁ ସ୍ୱର ଉଠାଇଲେ ବିଜେପି ସରକାର ତାଙ୍କର ପ୍ରତିଶୋଧପରାୟଣ ରୂପ ଦେଖାଇଥାନ୍ତି । ନିକଟରେ ଗୁଜରାଟ ପ୍ରଦେଶର ବିଧାନ ସଭା ନିର୍ବାଚନ ପାଖେଇ ଆସୁଥିବାରୁ କେନ୍ଦ୍ର ବିଜେପି ସରକାର, ଗ୍ୟାସ, ପେଟ୍ରୋଲ୍, ଡିଜେଲ୍, ସି.ଏନ୍.ଜି. ଓ ଅତ୍ୟାବଶ୍ୟକୀୟ ଦ୍ରବ୍ୟର ଅହେତୁକ ମୂଲ୍ୟ ବୃଦ୍ଧି ଉପରୁ ଜନସାଧାରଣଙ୍କ ନଜର ହଟାଇବା ଓ କୋଭିଡ଼ ମୃତ୍ୟୁକୁ ନିୟନ୍ତ୍ରଣ କରିବାରେ ଗୁଜରାଟ ସରକାର ବିଫଳ ହୋଇଥିବାରୁ ନିଜର ବଦନାମକୁ ଲୁଚାଇବା ପାଇଁ କ୍ଷମତାର ଅପବ୍ୟବହାର କରି ଏ ସବୁ ହୀନ ଚକ୍ରାନ୍ତ କରୁଛନ୍ତି । ଓଡ଼ିଶା ପ୍ରଦେଶ କଂଗ୍ରେସ କମିଟି ଅନୁସୂଚିତ ଜାତି ବିଭାଗ ପକ୍ଷରୁ ଜିଗ୍ନେସ୍‌ଙ୍କୁ ଅସାମ୍ବିଧାନିକ ଉପାୟରେ ଗିରଫ କରାଯାଇଥିବାରୁ ଏ ଘଟଣାର ତିବ୍ର ନିନ୍ଦା କରାଯିବା ସହିତ, ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦି, ଗୃହମନ୍ତ୍ରୀ ଅମିତ ଶାହ, ଓ ଆସାମ ମୁଖ୍ୟମନ୍ତ୍ରୀ ହେମନ୍ତ ବିଶ୍ୱଶର୍ମା, ଜିଗ୍ନେସ୍‌ଙ୍କୁ ଲିଖିତ ଆକାରରେ କ୍ଷମା ମାଗିବା ସହିତ ତାଙ୍କୁ ଖଲାସ କରି, ତାଙ୍କର ଗୁଜରାଟ ପ୍ରଦେଶର ଗୃହକୁ ପଠାଇବାର ସୁବନ୍ଦୋବସ୍ତ କରିବା ପାଇଁ ପ୍ରଦେଶ କଂଗ୍ରେସ ଅନୁସୂଚିତ ଜାତି ବିଭାଗ ପକ୍ଷରୁ ଦାବ କରାଯାଇଅଛି । ଅଖିଳ ଭାରତୀୟ କଂଗ୍ରେସ କମିଟି ଅନୁସୂଚିତ ଜାତି ବିଭାଗର ଓ ରାଜ୍ୟ ଅଧ୍ୟକ୍ଷ ଶ୍ରୀ ବାଙ୍କନିଧି ବେହେରାଙ୍କ ନିର୍ଦ୍ଦେଶକ୍ରମେ ଏହି ପ୍ରତିନିଧି ମଣ୍ଡଳୀରେ କଂଗ୍ରେସ ଅନୁସୂଚିତ ଜାତି ବିଭାଗର କର୍ମକର୍ତା ସନ୍ତୋଷ କୁମାର, ମାନସ ମଲ୍ଲିକ,ଜାନକି ମଲ୍ଲିକ, ତାପସ ସେଠି ଓ ଜୟନ୍ତ କୁମାର ଭୋଇ ପ୍ରମୁଖ ମାନ୍ୟବର ରାଜ୍ୟପାଳଙ୍କୁ ସ୍ମାରକପତ୍ର ପ୍ରଦାନ କରିଥିଲେ ।

# ଉଜ୍ଜ୍ୱଳ ତାରକାର ଦୁଃଖଦ ଅବସାନ

ଭୁବନେଶ୍ୱର (ପିଏନ୍): ବିଶିଷ୍ଟ ଯୁବ ବୈଜ୍ଞାନିକ ତଥା ଗବେଷକ ଡାକ୍ତର ସୁଜିତ କୁମାର ମହାନ୍ତି ଦୀର୍ଘଦିନ ଧରି ଫୁସ୍‌ଫୁସ୍ ଜନିତ କ୍ୟାନସର୍ ରୋଗରେ ଆକ୍ରାନ୍ତ ହୋଇ ଗତ ଅପ୍ରେଲ ୮ ତାରିଖ ରାତିରେ ଏକ ଘରୋଇ ହସ୍ପିଟାଲ୍‌ରେ ଇହଲୀଳା ସମ୍ବରଣ କରିଛନ୍ତି । ଡକ୍ଟର ସୁଜିତ ମହାନ୍ତି ହେଉଛନ୍ତି ବିଶିଷ୍ଟ ଆଇନଜୀବୀ ତଥା ସମାଜସେବୀ ସୁଧୀର ମହାନ୍ତିଙ୍କ ଦ୍ୱିତୀୟ ପୁତ୍ର । ସୁଜିତ ବ୍ରହ୍ମପୁର ବିଶ୍ୱବିଦ୍ୟାଳୟରୁ କୃତିତ୍ୱର ସହ ବାୟୋ-ଟେକ୍ନୋଲୋଜିରେ ପାସ୍ କରିବା ପରେ ଇଣ୍ଡିଆନ୍ ଇନ୍‌ଷ୍ଟିଚ୍ୟୁଟ୍ ଅଫ୍ କେମିକାଲ୍ ଟେକ୍ନୋଲୋଜି, ହାଇଦ୍ରାବାଦରେ ଅଧ୍ୟୟନ କରି ସେଠାରେ ପ୍ରଥମ ଶ୍ରେଣୀରେ ପ୍ରଥମ ହୋଇ ପାସ୍ କରିଥିଲେ । ତା'ପରେ ସେ ଇଣ୍ଡିଆନ୍ ଇନ୍‌ଷ୍ଟିଚ୍ୟୁଟ୍ ଅଫ୍ ସାଇନ୍‌ସ, ବାଙ୍ଗାଲୋରରେ ପଢୁଥିବା ସମୟରେ ବିଭିନ୍ନ ବୈଜ୍ଞାନିକମାନଙ୍କ ଦ୍ୱାରା ଅନୁପ୍ରାଣିତ ହୋଇ ସମ୍ପୂର୍ଣ୍ଣ ଛାତ୍ରବୃତ୍ତି ପାଇ ଉଚ୍ଚଶିକ୍ଷା ହାସଲ କରିବାକୁ ଆମେରିକା ଯାଇଥିଲେ । ସେଠାରେ ଆଇ.ଓ.ଡବ୍ଲ୍ୟୁ.ଏ. ୟୁନିଭରସିଟିରେ ବାୟୋକେମିକାଲ୍ ଇଞ୍ଜିନିୟରିଂରେ ପାସ୍ କରିବା ସଙ୍ଗେସଙ୍ଗେ ପି.ଏଚ୍‌ଡି. ହାସଲ କରିଥିଲେ । ଏହାପରେ ଏକ ବେସରକାରୀ କମ୍ପାନୀରେ କାମ କରି ଗବେଷଣା କରିଥିଲେ । ତାପରେ ପୋଷ୍ଟ ଡକ୍ଟରେଟ୍ କରିବା ସମୟରେ ଆମେରିକାର ବିଶିଷ୍ଟ ଓଡ଼ିଆ ଶିଳ୍ପପତି ଡାକ୍ତର ଶୀତିକଣ୍ଠ ଦାସଙ୍କ ଦ୍ୱାରା ଅନୁପ୍ରାଣିତ ହୋଇ ନିଜ ରାଜ୍ୟରେ ଶିଳ୍ପର ବିକାଶ ପାଇଁ କାର୍ଯ୍ୟ କରିବା ପାଇଁ ୨୦୧୯ ମସିହାରେ ଓଡ଼ିଶା ଫେରି ଆସିଥିଲେ । ଭୁବନେଶ୍ୱରରେ ସ୍ୱାଲୋକମ ବାଇଅଭେଞ୍ଚର୍ କମ୍ପାନୀ ଗଠନ କରି କାର୍ଯ୍ୟ ଆରମ୍ଭ କରିବା ସମୟରେ ଦୁଇଥର କୋରୋନାରେ ଆକ୍ରାନ୍ତ ହୋଇଥିଲେ । ଆରୋଗ୍ୟ ଲାଭ କରିଥିଲେ ମଧ୍ୟ ପରବର୍ତ୍ତୀ ପର୍ଯ୍ୟାୟରେ କ୍ୟାନ୍‌ସର୍‌ରେ ଆକ୍ରାନ୍ତ ହୋଇଥିଲେ । ଟାଟା ମେମୋରିଆଲ୍ ହସ୍ପିଟାଲ୍‌ରେ ଚିକିତ୍ସିତ ହୋଇଥିଲେ ମଧ୍ୟ ତାଙ୍କର ସ୍ୱାସ୍ଥ୍ୟାବସ୍ଥାରେ ବିଶେଷ ଅଗ୍ରଗତି ପରିଲକ୍ଷିତ ହୋଇ ନଥିଲା । ଭୁବନେଶ୍ୱରରେ ସମ୍ ହସ୍ପିଟାଲ୍‌ରେ ଚିକିତ୍ସିତ ଅବସ୍ଥାରେ ତାଙ୍କର ଦେହାନ୍ତ ହୋଇଥିଲା । ମୃତ୍ୟୁଶଯ୍ୟା ନିକଟରେ ତାଙ୍କ ମାତା ରଞ୍ଜିତା ମହାନ୍ତି, ବଡ଼ଭାଇ ଡାକ୍ତର ସୁବ୍ରତ ମହାନ୍ତି, ଭାଉଜ ଲଭଲିନ୍ ମହାନ୍ତି, ସାନଭାଇ ଡକ୍ଟର ସନ୍ଦୀପ ମହାନ୍ତି, ଭାଇବୋହୂ ଡଃ ପ୍ରିୟଙ୍କା ମହାନ୍ତି ଉପସ୍ଥିତ ଥିଲେ ।

# ଲେଖକ ସମବାୟ ସମିତିର ରାଜ୍ୟସ୍ତରୀୟ କବିତା ପାଠ

ଆନନ୍ଦପୁର (ପିଏନ୍): ଆନନ୍ଦପୁର ଲେଖକ ସମବାୟ ସମିତିର ଦଶମ ବାର୍ଷିକ ସାରସ୍ୱତ ସମାରୋହ ଅବସରରେ ଏକ କବିତା ପାଠ ଉତ୍ସବ ଅନୁଷ୍ଠିତ ହୋଇଯାଇଛି । ଏହି ସମାରୋହର ପ୍ରଥର ପର୍ଯ୍ୟାୟରେ ଅନୁଷ୍ଠିତ ଆସରକୁ ଓଡିଶା ସଙ୍ଗୀତ ନାଟକ ଏକାଡେମୀ ପୁରସ୍କାରପ୍ରାପ୍ତ ପାଲାକାର ଗୋବିନ୍ଦ ଚନ୍ଦ୍ର ପାଣିଗ୍ରାହୀ ପ୍ରଦୀପ ପ୍ରଜ୍ୱଳନ କରି ଉଦ୍‌ଘାଟନ କରିଥିଲେ । ମ ।ସୀନ ଅତିଥି ମାନଙ୍କ ମଧ୍ୟରେ ଅନ୍ୱେସା ସାହିତ୍ୟ ସଂସଦର ସଭାପତି ସୁରେନ୍ଦ୍ର କୁମାର ବେହେରା, କୁଶଳେଶ୍ୱର ସାହିତ୍ୟ ସଂସଦର ଉପସଭାପତି ମଙ୍ଗୁଳି ଚରଣ ପୃଷ୍ଟି, ସମ୍ବାଦ ସାହିତ୍ୟ ଘର ହାଟଡିହୀର ସଭାପତି ଅନ୍ତର୍ଯ୍ୟାମୀ ରାଉତ ଏବଂ ବଉଳା ସାହିତ୍ୟ ସଂସଦର କର୍ମକର୍ତ୍ତା ଅଧ୍ୟାପକ ସୁବାସ ପାତ୍ର, ଶ୍ରୀକାନ୍ତ ପଟ୍ଟନାୟକ ପ୍ରମୁଖ ଯୋଗଦେଇ ସାହିତ୍ୟରେ କବିତାର ଭୂମିକା ସମ୍ପର୍କରେ ଆଲୋକପାତ କରିଥିଲେ । ରତ୍ନାକର ଦାସଙ୍କ ସଂଯୋଜନାରେ ଆୟୋଜିତ ଏହି ଭବ୍ୟ କବିତା ପାଠରେ ଯାଜପୁର, ଭଦ୍ରକ, କଟକ, ବାଲେଶ୍ୱର ଓ ମୟୁରଭଂଜ ଅଂଚଳର କବିମାନେ ସେମାନଙ୍କର ସ୍ୱରଚିତ କବିତା ଆବୃତି କରିଥିଲେ । ଆନନ୍ଦପୁର ଅଂଚଳର କବିମାନଙ୍କ ମଧ୍ୟରେ ଧୂମକେତୁ ଦାସ, ଅର୍ଜୁନ ବେହେରା, ମୁରଲୀଧର ବେହେରା, ଉମାକାନ୍ତ ଜେନା, ନରହରି ରାଉତ, ବନମାଳୀ ଜେନା, ଅଭୟ ସାମଲ, ବାମନ ବେହେରା, ସୁଦାମ ଚରଣ ଜେନା, ସୁରେନ୍ଦ୍ର କୁମାର ପରିଡା, ଦଶରଥ ସାହୁ, ରାମଚନ୍ଦ୍ର ଜେନା, ନିରନ ସାହୁ, ଗୋବର୍ଦ୍ଧନ ନାୟକ, ବୈଲୋଚନ ସାହୁ, ଜ୍ୟୋତ୍ସ୍ନା ଦାସ, ମାଳତୀ ପଣ୍ଡା, କୀର୍ତ୍ତନ ସାହୁ, ରଘୁନାଥ ପଣ୍ଡିତ ପ୍ରମୁଖ କବିମାନେ କବିତା ଆବୃତ୍ତି କରିଥିଲେ । ପ୍ରଥମରେ ଛାତ୍ରୀ ସୁଦେସ୍ନା ସାହୁ ଆବାହନୀ ସଙ୍ଗୀତ ଗାନ କରିଥିଲେ ଓ ଅନୀଲ ସାହୁ ଧନ୍ୟବାଦ ଅର୍ପଣ କରିଥିଲେ ।

# ରାଉରକେଲା ସ୍ୱରେଜ୍ ପ୍ରକଳ୍ପରେ ଦୁର୍ନୀତି ଓ ଅନିୟମିତତା ନେଇ ଏଡିଏମ୍‌ଙ୍କୁ ସାକ୍ଷାତ କଲା ଜିଲ୍ଲା କଂଗ୍ରେସ

ରାଉରକେଲା (ପିଏନ୍): ରାଉରକେଲା ସ୍ୱରେଜ୍ ପ୍ଲାଣ୍ଟ ପ୍ରକଳ୍ପରେ ହୋଇଥିବା ବ୍ୟାପକ ଦୁର୍ନୀତି, ଅନିୟମିତତା ତଥା ବୋର୍ଡ କର୍ତ୍ତୃପକ୍ଷଙ୍କ ତରଫରୁ ଠିକା ସଂସ୍ଥା ଏଲ୍‌ଆଣ୍ଡଟି କମ୍ପାନୀ ବେଆଇନ୍ ଭାବେ ଯୋଗାଇ ଦିଆଯାଉଥିବା ସୁବିଧା ସମ୍ପର୍କରେ ଜିଲ୍ଲା କଂଗ୍ରେସ ତରଫରୁ ରାଉରକେଲା ଅତିରିକ୍ତ ଜିଲ୍ଲାପାଳ ତଥା ମହାନଗର ନିଗମର କମିଶନର ଡ.ଶୁଭଙ୍କର ମହାପାତ୍ରଙ୍କୁ ସାକ୍ଷାତ କରି ସମସ୍ତ ବିଷୟ ଅବଗତ କରାଯାଇଛି । ପ୍ରାୟ ୩୪୮ କୋଟି ଟଙ୍କା ବ୍ୟୟ ମୁରୀରେ ଗତ ୨୦୧୭ ମସିହାରେ ଏହି ପ୍ରକଳ୍ପ କାର୍ଯ୍ୟ ଆରମ୍ଭ କରାଯାଇ ୨୦୨୦ ଜାନୁୟାରୀ ସୁଦ୍ଧା କାର୍ଯ୍ୟ ସାରିବା ପାଇଁ ଲକ୍ଷ୍ୟ ଧାର୍ଯ୍ୟ କରାଯାଇଥିଲେ ହେଁ ଅଦ୍ୟାବଧି ତାହା ସମ୍ପୂର୍ଣ୍ଣ ହୋଇ ନାହିଁ । ଯେଉଁ କାର୍ଯ୍ୟ ହାତକୁ ନିଆଯାଇଛି ସେଥିରୁ ବର୍ତ୍ତମାନ ସୁଦ୍ଧା ୨୦ ପ୍ରତିଶତ ବାକି ଥିବାବେଳେ ଯେଉଁ କାମ କରାଯାଇଛି ତାହା ଅତ୍ୟ' ନିମ୍ନମାନର ହୋଇଥିବାରୁ ତାହା ସହରବାସୀଙ୍କ ପାଇଁ ସର୍ବଦା ସମସ୍ୟା ସୃଷ୍ଟି କରୁଛି ବୋଲି କଂଗ୍ରେସ ନେତୃବୃନ୍ଦ ଅତିରିକ୍ତ ଜିଲ୍ଲାପାଳଙ୍କ ନିକଟରେ ଅଭିଯୋଗ କରିଛ଼ନ୍ତି । ଏହି ଅବସରରେ ଅତିରିକ୍ତ ଜିଲ୍ଲାପାଳଙ୍କୁ ପ୍ରଦତ୍ତ ଏକ ସ୍ମାରକପତ୍ରରେ କୁହାଯାଇଛି ଯେ, ମୁଖ୍ୟମାର୍ଗର ତାରିଣୀ ମନ୍ଦର ଠାରୁ ରଘୁନାଥପାଲ୍ଲୀ ଥାନା ପର୍ଯ୍ୟ' ଓ ଏସ୍‌ଟିଆଇ ଓଭରବ୍ରିଜ ଠାରୁ ବିରଜାପାଲ୍ଲୀ ଓଭର ବ୍ରିଜ୍ ପର୍ଯ୍ୟ' ସ୍ୱରେଜ୍ ପାଇପ୍ ବିଛାଯାଇ ନାହିଁ । ସେହିପରି ଛେଣ୍ଡ ଭିଏସ୍‌ଏସ୍ ମାର୍କେଟ ଛକଠାରୁ ବିଏସ୍‌ଏନ୍‌ଏଲ ଛକ ପର୍ଯ୍ୟ' ଉଭୟ ପାର୍ଶ୍ୱରେ ମଧ ପାଇପ୍ ବିଛାଯାଇ ନାହିଁ । ମୂଳ ଡ୍ରଇଁରେ ପାଇପ୍ ବିଛାଇବା ବ୍ୟବସ୍ଥା ଥିଲେ ହେଁ କାହିଁକି ଏଠାରେ ପାଇପ୍ ବିଛାଯାଇ ନାହିଁ ଓ ଏ ବାବଦ ଅର୍ଥ କୁଆଡେ ଗଲା ତାହା ଅନୁଧ୍ୟାନ କରିବାକୁ ସ୍ମାରକପତ୍ରରେ ଉଲ୍ଲେଖ କରାଯାଇଛି । ସେହିପରି ଯେଉଁ ପାଇପ୍ ବିଛା କାର୍ଯ୍ୟ କରାଯାଇଛି ଏଥିରେ ଆବଶ୍ୟକୀୟ ଗ୍ରାନାଇଟ୍ ପଥର ଚିପ୍‌ସ ଓ ଆବଶ୍ୟକୀୟ ବାଲି ଭର୍ତ୍ତି କରାଯାଇନଥିବାରୁ ବିଭିନ୍ନ ସ୍ଥାନରେ ରାସ୍ତା ଦବିଯାଉଥିବା ଦେଖାଯାଉଛି । ଯାହାର ଉଦାହରଣ ହେଉଛି ଜୋଲ୍ ରୋଡ୍, ଛେଣ୍ଡ ମୁଖ୍ୟମାର୍ଗ, ଆଇଟିଆଇ କଳିଙ୍ଗ ବିହାର ରାସ୍ତା, ବାସ'୧ ପାଣି ଟାଙ୍କି ରାସ୍ତା ଇତ୍ୟାଦି । ଅତ୍ୟ' ନିମ୍ନମାନର କାର୍ଯ୍ୟ କରାଯାଇ ପାଇପ୍ ଲାଇନର ମେନ୍ ହୋଲ ନିର୍ମାଣ କରାଯାଇଥିବାରୁ ସେଗୁଡିକ କେଉଁଠି ରାସ୍ତା ଉପରେ ତ ଆଉ କେଉଁଠି ରାସ୍ତା ତଳେ ରହିଛି । ଫଳରେ ପ୍ରତିଦିନ ଛୋଟବଡ ଦୁର୍ଘଟଣାର କାରଣ ସାଜୁଛି । ପାଇପ୍ ବିଛା କାର୍ଯ୍ୟ ପରେ ରାସ୍ତା ନିର୍ମାଣ କରି ୫ ବର୍ଷ ପାଇଁ ମରାମତି ଓ ରକ୍ଷଣାବେକ୍ଷଣର ଦାୟିତ୍ୱ ଠିକା ସଂସ୍ଥା ଏଲ୍‌ଆଣ୍ଡଟି କମ୍ପାନୀର ହୋଇଥିବା ବେଳେ ସମ୍ପ୍ରତି ଦବିଯାଉଥିବା ଓ ଭୁଷୁଡି ପଡୁଥିବା ରାସ୍ତାଗୁଡିକୁ କାହିଁକି ଆର୍‌ଏମ୍‌ସି ନିର୍ମାଣ କରୁଛି ବୋଲି ଦଳ ତରଫରୁ ପ୍ରଶ୍ନ କରାଯାଇ ଏହାର ଅନଧ୍ୟାନ କରିବାକୁ ଅତିରିକ୍ତ ଜିଲ୍ଲାପାଳଙ୍କୁ ଅନୁରୋଧ କରାଯାଇଛି । ଛେଣ୍ଡ ବାଗୁଡି ବସ୍ତି ଓ ବ୍ୟାଙ୍କ କଲୋନୀରେ ସ୍ୱରେଜ୍ ପାଇପ୍ ବିଛାଇବା ପାଇଁ ମୂଳ ଡ୍ରଇଁରେ ବ୍ୟବସ୍ଥା ନଥିବା ବେଳେ ଏ ଅ ଳରେ ପ୍ରାୟ ୩୦ ଲକ୍ଷ ଟଙ୍କାର ପାଇପ୍ ବିଛାଯାଇ ପରିତ୍ୟକ୍ତ ଅବସ୍ଥାରେ ଛାଡି ଦିଆଯାଇଛି । ଏହି ପାଇପ୍ ଲାଇନ୍‌କୁ କୌଣସି ମୁଖ୍ୟ ପାଇପ୍ ଲାଇନ୍ ସହିତ ସଂଯୋଗ କରାଯାଇନଥିବାରୁ ଏହି ପାଇପ୍ ବିଛା କାର୍ଯ୍ୟ ନଷ୍ଟ ହେବା ସହିତ ଏ ବାବଦରେ ବୋର୍ଡର ବିପୁଳ ଅର୍ଥ ନଷ୍ଟ ହେବାକୁ ଯାଉଥିବା ଏହାର ଆବଶ୍ୟକୀୟ ଅନୁଧ୍ୟାନ ପାଇଁ ଅନୁରୋଧ କରାଯାଇଛି । ଅପରପକ୍ଷରେ ଉକ୍ତ ଅ ଳରେ ପାଇପ୍ ବିଛା ବାବଦକୁ ଗୁଡାଏ ମିଥ୍ୟା ବିଲ୍ ପ୍ରସ୍ତୁତ କରାଯାଇ ଲକ୍ଷ ଲକ୍ଷ ଟଙ୍କା ଆତ୍ମସାତ୍ କରାଯାଇଥିବା କଂଗ୍ରେସ ତରଫରୁ ଅଭିଯୋଗ କରାଯାଇଛି । ପ୍ରତ୍ୟେକ ବାସଗୃହକୁ ସ୍ୱରେଜ୍ ସଯୋଗୀକରଣ ପାଇଁ ସରକାର କିଛି ନିର୍ଦ୍ଦେଶନାମା ଜାରି କରିନଥିବା ବେଳେ ସ୍ଥାନୀୟ ସ୍ୱରେଜ୍ ବୋର୍ଡ କର୍ତ୍ତୃପକ୍ଷ ତାଙ୍କର କିଛି ପୋଷା ଠିକାଦାର ମାଧ୍ୟମରେ ବେଆଇନ୍ ଭାବେ ସ୍ୱରେଜ୍ ସଂଯୋଗୀକରଣ ପାଇଁ ଘର ପିଛା ୨୫ରୁ ୪୦ ହଜାର ଟଙ୍କା ଆଦାୟ କରୁଛ଼ନ୍ତି । ତେଣୁ ଏହା ମଧ ଅନୁଧ୍ୟାନ ସାପେକ୍ଷ ବୋଲି କଂଗ୍ରେସ ତରଫରୁ କୁହାଯାଇଛି । ସେହିପରି ବୋର୍ଡ କର୍ତ୍ତୃପକ୍ଷଙ୍କ ଦ୍ୱାରା ନିର୍ମିତ ସ୍ୱରେଜ୍ ଟ୍ରିଟ୍‌ମେଣ୍ଟ ପ୍ଲାଣ୍ଟ ପରିସରରେ ଏଲ୍‌ଆଣ୍ଡଟି କମ୍ପାନୀ ୨ ବର୍ଷ ହେଲା ନିଜ କାର୍ଯ୍ୟାଳୟ ଚଲାଉଥିବା ବେଳେ ୨ଟି କୋଠାକୁ ତାର କର୍ମଚାରୀଙ୍କ ପାଇଁ ଅତିଥି ଭବନ ଭାବେ ବ୍ୟବହାର କରୁଛ । ଏହାର ଭଡା ବାବଦକୁ ଟଙ୍କାଟିଏ ଏଲ୍‌ଆଣ୍ଡଟି କମ୍ପାନୀର ବିଲ୍‌ରୁ କଟାଯାଉନଥିବା ବେଳେ କୋଠାରେ ପାଣି ଓ ବିଜୁଳି ବିଲ୍ ବାବଦକୁ ମାସିକ ଲକ୍ଷାଧିକ ଟଙ୍କା ବୋର୍ଡ କର୍ତ୍ତୃପକ୍ଷ ଭରଣା କରୁଛ଼ନ୍ତି । ସ୍ୱରେଜ୍ ବୋର୍ଡ କର୍ତ୍ତୃପକ୍ଷ ଏଲ୍‌ଆଣ୍ଡଟି କମ୍ପାନୀ ପ୍ରତି କାହିଁକି ଏପରି ଅହେତୁକ ଅନୁକମ୍ପା ପ୍ରଦର୍ଶନ କରି ସରକାରଙ୍କ ଲକ୍ଷ ଲକ୍ଷ ଟଙ୍କା ରାଜସ୍ୱ ହାନୀ କରୁଛ଼ନ୍ତି ତାହା ତଦ' ସାପେକ୍ଷ ବୋଲି ସ୍ମାରକପତ୍ରରେ କୁହାଯାଇଛି । ତେବେ ସ୍ୱରେଜ୍ ପ୍ରକଳ୍ପର ନିର୍ମାଣ କାର୍ଯ୍ୟ ତଦାରଖ ପାଇଁ ରାଜ୍ୟ ସରକାର ସିଙ୍ଗାପୁରର ମେନ୍‌ହରଡାଟ୍ ପ୍ରାଇଭେଟ୍ କମ୍ପାନୀକୁ ୩୪ କୋଟି ଟଙ୍କାରେ ଚୁକ୍ତିବଦ୍ଧ କରିଥିବା ବେଳେ ଉକ୍ତ ସଂସ୍ଥା କ'ଣ ତଦାରଖ କରି କି ରିପୋର୍ଟ ଦେଇଛି ଓ କେତେ ଅର୍ଥ ସେ ବାବଦରେ ସରକାରଙ୍କ ଠାରୁ ନେଇଛି ତାହା ତଦ' ସାପେକ୍ଷ ବୋଲି ସ୍ମାରକପତ୍ରରେ ଉଲ୍ଲେଖ କରାଯାଇଛି । ସମ୍ପ୍ରତି କାର୍ଯ୍ୟ ଅଧପ'ରିଆ ଅବସ୍ଥାରେ ଥିବାବେଳେ ସ୍ୱରେଜ୍ ବୋର୍ଡ କର୍ତ୍ତୃପକ୍ଷ ଏଲ୍‌ଆଣ୍ଡଟି କମ୍ପାନୀକୁ କାର୍ଯ୍ୟ ସମ୍ପୂର୍ଣ୍ଣ ହେବାର ପ୍ରମାଣପତ୍ର ଦେବା ପାଇଁ ପ୍ରସ୍ତୁତି ଚଳାଇଛ଼ନ୍ତି । ତେଣୁ ଏହି ଘଟଣାରେ ଅତିରିକ୍ତ ଜିଲ୍ଲାପାଳ ହସ୍ତକ୍ଷେପ କରି ସମସ୍ତ କାର୍ଯ୍ୟ ସମ୍ପୂର୍ଣ୍ଣ ନ ହେବା ପର୍ଯ୍ୟ' ପ୍ରକଳ୍ପର ହସ୍ତା'ର ପ୍ରକ୍ରିୟା ବନ୍ଦ ରଖିବାକୁ ସ୍ମାରକପତ୍ରରେ କଂଗ୍ରେସ ତରଫରୁ ଉଲ୍ଲେଖ କରାଯାଇଛି । ପୂର୍ବତନ ଜିଲ୍ଲା କଂଗ୍ରେସ ସଭାପତି ତଥା ରାଉରକେଲାର ପ୍ରାକ୍ତନ ବିଧାୟକ ପ୍ରାର୍ଥୀ ବିରେନ ସେନାପତି, ବରିଷ୍ଠ ଉପସଭାପତି ଦେବବ୍ରତ ବିହାରୀ, ଅନ୍ୟତମ ଉପସଭାପତି ସ'ୋଷ ବିଶ୍ୱାଳ ଓ କୀର୍ତ୍ତନ ଦାସ, ପୂର୍ବତନ କାର୍ଯ୍ୟକାରୀ ସଭାପତି ସବୀର ହୁସେନ, ପୂର୍ବତନ ପିସିସି ସମ୍ପାଦକ ଗଣେଶ ପ୍ରଧାନ, ଲିଗାଲ ସେଲ୍ ଅଧ୍ୟକ୍ଷ ବିସ୍ମୟ ଦାସ, ଅସଙ୍ଗଠିତ ଶ୍ରମିକ କଂଗ୍ରେସ ଅଧ୍ୟକ୍ଷ ନିହାର ଦାସ, ମହିଳା କଂଗ୍ରେସ ସଭାନେତ୍ରୀ ନିରୂପମା ବଳିୟାରସିଂ, ମୁଖପାତ୍ର କୈଳାସ ସାହୁ, ବ୍ଲକ୍ କଂଗ୍ରେସ ସଭାପତି ପ୍ରଦ୍ୟୁମ୍ନ ଷଡଙ୍ଗୀ, ପୂର୍ବତନ ବ୍ଲକ୍ ସଭାପତି ବିନୋଦ ବିହାରୀ ପଟ୍ଟନାୟକ, ଜିଲ୍ଲା କଂଗ୍ରେସ ସାଧାରଣ ସମ୍ପାଦକ ତୁଳସୀ ନାଗ, କାର୍ଯ୍ୟନିର୍ବାହୀ ସଦସ୍ୟ ଭାସ୍କର ଖିଲ୍ଲାର, ଦିଲ୍ଲୀପ ଜେନା, ସେବାଦଳର ବୁଲୁ ଦାସ, ନରେନ୍ଦ୍ର ବର୍ମା ପ୍ରମୁଖ ଉପସ୍ଥିତ ରହି ସ୍ମାରକପତ୍ର ପ୍ରଦାନ ସହିତ ଆଲୋଚନାରେ ଅଂଶଗ୍ରହଣ କରିଥିଲେ ବୋଲି ଦଳ ତରଫରୁ ଏକ ପ୍ରେସ୍ ବିବୃତିରେ କୁହାଯାଇଛି ।

# ଓଡ଼ିଶାରେ ଯୁବ କଂଗ୍ରେସ ପକ୍ଷରୁ ୟଙ୍ଗ୍ ଇଣ୍ଡିଆ କେ ବୋଲ୍ ସିଜିନ-୨ ଶୁଭାରମ୍ଭ

ଭୁବନେଶ୍ୱର (ପିଏନ୍): ଯୁବ କଂଗ୍ରେସ ପକ୍ଷରୁ ରାଷ୍ଟ୍ରୀୟ ଓ ରାଜ୍ୟସ୍ତରୀୟ ଯୁବ ପ୍ରବକ୍ତା ସଂଗ୍ରହ ନିମନ୍ତେ ଭୂବନେଶ୍ୱରରେ 'ୟଙ୍ଗ ଇଣ୍ଡିଆ କେ ବୋଲ ସିଜିନ-୨' ଅଭିଯାନ ଶୁଭାରମ୍ଭ ହୋଇଛି । କାର୍ଯ୍ୟକ୍ରମରେ ଓଡ଼ିଶା ପ୍ରଦେଶ ଯୁବ କଂଗ୍ରେସ ସଭାପତି ଡ. ସ୍ମୃତି ରଂଜନ ଲେଙ୍କା, ୟଙ୍ଗ ଇଣ୍ଡିଆ କେ ବୋଲ ସିଜିନ-୨ର ଓଡ଼ିଶା ପ୍ରଭାରୀ ନମ୍ରତା ସୋନୀ, ଯୁବ କଂଗ୍ରେସ ରାଷ୍ଟ୍ରୀୟ ପ୍ରବକ୍ତା ତଥା ଓଡ଼ିଶା ସହ ପ୍ରଭାରୀ ଜାବେଦ ଖାନଙ୍କ ସମେତ ଯୁବ କଂଗ୍ରେସର ଅନ୍ୟ ପ୍ରଦେଶ ପଦାଧିକାରୀମାନେ ଉପସ୍ଥିତ ରହି ଅଭିଯାନର ଶୁଭାରମ୍ଭ କରିଥିଲେ ।

ଏହି ଅବସରରେ ପ୍ରଭାରୀ ନମ୍ରତା ସୋନୀ କହିଲେ ଯେ ୟଙ୍ଗ ଇଣ୍ଡିଆ କେ ବୋଲ ହେଉଛି ଏଭଳି ଏକ କାର୍ଯ୍ୟକ୍ରମ, ଯାହା ମାଧ୍ୟମରେ ଯୁବବର୍ଗ ନିଜ ଅଂଚଳଠାରୁ ଆରମ୍ଭ କରି ଜାତୀୟସ୍ତରୀୟ ବିଭିନ୍ନ ପ୍ରସଙ୍ଗ ଉପରେ ନିଜର ଦୃଢ଼ ମତ ଉପସ୍ଥାପନ କରିବାର ସୁଯୋଗ ପାଇପାରିବେ । ଏହି ପ୍ରକ୍ରିୟା ପାଇଁ ଏକ ଗୁଗୁଲ ଫର୍ମ ଜାରି କରାଯାଇଛି, ଯାହାକି ମେ ୩୧ ସୁଦ୍ଧା ପୂରଣ କରାଯାଇପାରିବ । ଦ୍ୱିତୀୟ ପର୍ଯ୍ୟାୟରେ ଏହି ଅଂଶଗ୍ରହଣକାରୀମାନଙ୍କୁ ନେଇ ଜିଲ୍ଲାସ୍ତରରେ ବିଭିନ୍ନ ବକ୍ତୃତା ପ୍ରତିଯୋଗିତା ଆୟୋଜନ କରାଯିବ । ଏଥିରେ କୃତୀ ପ୍ରତିଯୋଗୀ ପରେ ରାଜ୍ୟସ୍ତରୀୟ ଏବଂ ବିଭିନ୍ନ ରାଜ୍ୟରୁ କୃତକାର୍ଯ୍ୟ ହୋଇଥିବା ପ୍ରତିଯୋଗୀ ଜାତୀୟସ୍ତରୀୟ ପ୍ରତିଯୋଗିତାରେ ଅଂଶଗ୍ରହଣ କରିବେ, ଯାହାକି ଆସନ୍ତା ଅକ୍ଟୋବର ମାସରେ ଅନୁଷ୍ଠିତ ହେବ ।

ସହ ପ୍ରଭାରୀ ଜାବେଦ ଖାନ ସୂଚନା ଦେଇ କହିଲେ ଯେ ସାରା ଦେଶରେ ଯୁବ ପ୍ରତିଭା ଓ ସାହସୀ ଯୁବବର୍ଗଙ୍କୁ ଖୋଜି ବାହାର କରିବା ନିମନ୍ତେ ରାହୁଲ ଗାନ୍ଧିଙ୍କ ଅଭିନବ ପରିକଳ୍ପନା ସ୍ୱରୂପ ୟଙ୍ଗ ଇଣ୍ଡିଆ କେ ବୋଲ କାର୍ଯ୍ୟକ୍ରମ ଶୁଭାରମ୍ଭ ହୋଇଛି । ୨୦୨୧ରେ ଭାରତୀୟ ଯୁବ କଂଗ୍ରେସ ପକ୍ଷରୁ ୟଙ୍ଗ ଇଣ୍ଡିଆ କେ ବୋଲ କାର୍ଯ୍ୟକ୍ରମ ମାଧ୍ୟମରେ ୨୭ଜଣ ରାଷ୍ଟ୍ରୀୟ ପ୍ରବକ୍ତା ଓ ୨୫୦ରୁ ଊର୍ଦ୍ଧ୍ୱ ପ୍ରଦେଶସ୍ତରୀୟ ପ୍ରବକ୍ତାଙ୍କୁ ଚୟନ କରାଯାଇଥିଲା । ରାହୁଲ ଗାନ୍ଧିଙ୍କ ଏହି ପରିକଳ୍ପନାକୁ ପୁଣି ଥରେ ସାକାର କରିବା ନିମନ୍ତେ ଭାରତୀୟ ଯୁବ କଂଗ୍ରେସ ରାଷ୍ଟ୍ରୀୟ ପ୍ରଭାରୀ କ୍ରିଷ୍ଣା ଆଲାବାରୁଙ୍କ ମାର୍ଗ ଦର୍ଶନ ତଥା ଭାରତୀୟ ଯୁବ କଂଗ୍ରେସ ରାଷ୍ଟ୍ରୀୟ ଅଧ୍ୟକ୍ଷ ବି.ଭି ଶ୍ରୀନିବାସଙ୍କ ନେତୃତ୍ୱରେ ଦେଶବ୍ୟାପୀ ୟଙ୍ଗ ଇଣ୍ଡିଆ କେ ବୋଲ ସିଜିନ-୨ ଆରମ୍ଭ ହୋଇଛି । ଗତ ୨୬ ମାର୍ଚ୍ଚରୁ ଯୁବ କଂଗ୍ରେସ ରାଷ୍ଟ୍ରୀୟ କାର୍ଯ୍ୟାଳୟଠାରେ ଉଦ୍‌ଘାଟିତ ହୋଇଥିବା ଏହି ଅଭିଯାନ ବିଭିନ୍ନ ରାଜ୍ୟରେ କରାଯାଉଛି । କାର୍ଯ୍ୟକ୍ରମରେ ଅନ୍ୟମାନଙ୍କ ମଧ୍ୟରେ ଓଡ଼ିଶା ପ୍ରଦେଶ ଯୁବ କଂଗ୍ରେସ ସମ୍ପାଦକ ଜ୍ଞାନ ରନ ରାଉତ, ବୀରେନ କୁମାର ଦଳେଇ, ଆଶୁତୋଷ ଲେଙ୍କା, ଶ୍ରୀବତ୍ସ ରଥ, ମନିଷା ଦାଶ ପଟ୍ଟନାୟକ, ରାକେଶ ଦାସ, ରିତୁଲ ମହାରଣା, ସୌମ୍ୟରଂଜନ ମିଶ୍ର, ଅକ୍ଷୟ କୁମାର ମଲ୍ଲ, ହରିଶଙ୍କର ଜେନା ପ୍ରମୁଖ ଉପସ୍ଥିତ ଥିଲେ ।

# ଜିଲ୍ଲା ପ୍ରାଥମିକ ବିଦ୍ୟାଳୟ ଶିକ୍ଷକ ସଂଘର ବୈଠକ

ଖୋର୍ଦ୍ଧା (ପିଏନ)- ଖୋର୍ଦ୍ଧା ଜିଲ୍ଲା ସଦର ମହକୁମାରେ ଜିଲ୍ଲା ପ୍ରାଥମିକ ବିଦ୍ୟାଳୟ ଶିକ୍ଷକ ସଂଘର ବୈଠକ ସଭାପତି ଅଗାଧୁ ସେଠୀଙ୍କ ପୌରୋହିତ୍ୟରେ ଅନୁଷ୍ଠିତ ହୋଇଥିଲା । ଏହି ବୈଠକରେ ସରକାରଙ୍କ ଶିକ୍ଷା ଓ ଶିକ୍ଷକ ମାରଣ ନୀତିକୁ ତୀବ୍ର ସମାଲୋଚନା କରିବା ସହ ଦୀର୍ଘ ୬ ବର୍ଷ ଧରି ସରକାରଙ୍କ ପକ୍ଷରୁ ଏ ପର୍ଯ୍ୟନ୍ତ ନୂତନ ଶିକ୍ଷକ ନିଯୁକ୍ତି କରି ନାହାନ୍ତି । ଫଳରେ ବହୁ ଶିକ୍ଷକ ପଦବୀ ଖାଲି ପଡିଥିବାବେଳେ ବିଦ୍ୟାଳୟରେ ଶିକ୍ଷାଦାନ ବାଧାପ୍ରାପ୍ତ ହୋଇପଡିଛି । ସରକାରଙ୍କ ତ୍ରୁଟିପୂର୍ଣ୍ଣ ନୀତି ଯୋଗୁଁ ଗୁଣାତ୍ମକ ମାନ ବୃଦ୍ଧି ପାଇନାହିଁ ବୋଲି ସଂଘ ଅଭିଯୋଗ କରିଛି । ତେବେ ଶିକ୍ଷକମାନଙ୍କର ବିଭିନ୍ନ ସମସ୍ୟାରୁ ଶିକ୍ଷା ଅଧିକାରୀମାନେ ସମାଧାନ କରିପାରି ନାହାନ୍ତି । ସମସ୍ତ ଜିଲ୍ଲାର ଶିକ୍ଷକଙ୍କ ପଦୋନ୍ନତି ଦିଆଯାଇଥିବା ବେଳେ ଖୋର୍ଦ୍ଧା ଜିଲ୍ଲାରେ ଲେବୁଲ୫(କ)ରୁ ୫(ଖ)ରୁ ଲେବୁଲ ୪କୁ ପଦୋନ୍ନତି କରାଯାଉନାହିଁ । ଶିକ୍ଷକମାନଙ୍କୁ ନିଜ ବ୍ଲକକୁ ବଦଳି କରିବା, ବେଗୁନିଆ ବ୍ଲକର ଯେଉଁ ଶିକ୍ଷକମାନଙ୍କର ୧୦ ବର୍ଷ ପୂରଣ ହୋଇଛି ସେମାନଙ୍କୁ ଏମଏସପି ସୁବିଧା ଦେବା, ମାସର ପ୍ରଥମ ଦିନର ଦରମା ପ୍ରଦାନ କରିବା ଓ ଶିକ୍ଷକମାନଙ୍କୁ ଡିଆଇସି ପାସ ବୁକ ପ୍ରଦାନ କରାଯାଉ ନଥିବାରୁ ନେତୃବୃନ୍ଦ ଅସନ୍ତୋଷ ପ୍ରକାଶ କରିଥିଲେ ।

# ଓଡିଶାରେ ବିଲାଇଭର ୫ମ ମଲ୍ଟି ବ୍ରାଣ୍ଡ ଷ୍ଟୋର

ଭୁବନେଶ୍ୱର,(ପି.ଏନ): ସାରା ଦେଶରେ ଏହାର ସମ୍ପ୍ରସାରଣ ପ୍ରୟାସ ଜାରି ରଖିଥିବା ବିଲାଇଭ ଭାରତର ଦ୍ରୁତତମ ବୃଦ୍ଧି ପାଉଥିବା ମଲ୍ଟି ବ୍ରାଣ୍ଡ ଇଲେକ୍ଟ୍ରିକ୍ ଯାନ ପ୍ଲାଟଫର୍ମ,ଏହାରପଞ୍ଚମ ମଲ୍ଟି ବ୍ରାଣ୍ଡ ଷ୍ଟୋର ଓଡିଶାର ବ୍ରହ୍ମପୁରରେ ଖୋଲିଛି । ବିଲାଇଭର କାର୍ଯ୍ୟନିର୍ବାହୀ ନିର୍ଦ୍ଦେଶକ ପ୍ରତୀକ ଦାଶଙ୍କ ସହ ଶ୍ରୀ ସ'ୋଷ କୁମାର ଅଗ୍ରୱାଲ, ଆଶିଷ ଅଗ୍ରୱାଲ ଏବଂ ଷ୍ଟୋର କର୍ମଚାରୀଙ୍କ ଉପସ୍ଥିତିରେ ଏହି ଷ୍ଟୋରକୁ ଉଦଘାଟନ କରିଥିଲେ । ବୈଦୁତିକ ଗତିଶୀଳତା ଏବଂ ଇନ୍ଧନ ମୂଲ୍ୟ ବୃଦ୍ଧିରେ ବିଶ୍ୱ ସଚେତନତା ହେତୁ ଗ୍ରାହକଙ୍କ ଚାହିଦାର ବୃଦ୍ଧିକୁ ନଜରରେ ରଖି ଏହି ଭାରତର ୨୬ ତମ ଇଭି ଷ୍ଟୋରକୁ ଓଡିଶାର ବ୍ରହ୍ମପୁରରେ ଖୋଲାଯାଇଛି । ବିଲାଇଭ ଷ୍ଟୋର ଏକାଧିକ ଇଭି ବ୍ରାଣ୍ଡ, ବିଶେଷଜ୍ଞ ସମର୍ଥନ, ସହଜ ଅର୍ଥ ଏବଂ ରୋମାଞ୍ଚକର ଅଫରରୁ ବିଭିନ୍ନ ପ୍ରକାରର ବୈଦ୍ୟୁତିକ ଯାନ ପ୍ରଦାନ କରେ । ବିଭିନ୍ନ ବୈଦ୍ୟୁତିକ ସ୍କୁଟର, ଚକ, ମୋଟରସାଇକେଲ ଏବଂ ବିତରଣ ଯାନ ପାଇଁ କ୍ରେତାମାନେ ଇଏମଆଇରେ ମାସକୁ ୨,୦୦୦ ରୁ କମ୍ ଚୟନ କରିପାରିବେ । ୨୦ ରୁ ଅଧିକ ଫ୍ରାଞ୍ଚାଇଜ୍ ମାଲିକାନା ଷ୍ଟୋରଗୁଡିକର ଏକ ନେଟୱାର୍କ ସହିତ,ବିଲାଇଭ ୨୫୦୦ ରୁ ଅଧିକ ପରିବାର ଏବଂ ବ୍ୟବସାୟକୁ ବୈଦୁତିକ ଯାନ ମାଧ୍ୟମରେ ସାହାଯ୍ୟ କରିଛି । ଷ୍ଟୋରରେ କିନେଟିକ୍ ଗ୍ରୀନ୍, ହିରୋ ଲେକ୍ଟ୍ରୋ, ଡିଟେଲ, ବ୍ୟାଟ୍‌ରେ, ଜେମୋପାଇ, ଟେଟୋ ଇଲେକ୍ଟ୍ରା, ଇ-ମୋଟୋରଡ ଏବଂ ଅନ୍ୟାନ୍ୟ ବୈଦ୍ୟୁତିକ ଯାନ ପ୍ରଦର୍ଶିତ ହୋଇଛି । ଗ୍ରାହକମାନେ ଷ୍ଟାଇଲିସ୍ ଲୁକ୍ ସହିତ ବହୁ ପ୍ରତୀକ୍ଷିତ ହାଇ ସ୍ପିଡ୍ ଇଭିଗୁଡିକ ମଧ୍ୟରୁ ଗୋଟିଏ ଅନୁଭବ କରିପାରନ୍ତି - ବିଲାଇଭର ମଲ୍ଟି ବ୍ରାଣ୍ଡ ଷ୍ଟୋରରେ ବ୍ୟାଟ୍: ପୁନ ଷ୍ଟୋରୀ । ଏହି ସ୍ମାର୍ଟ ଏବଂ ଅଭିନବ ଇ-ବାଇକ୍ ବ୍ୟାଟ୍‌ରେ ଏହାର ରେ ପ୍ରଥମ ଅଟେ ।ସିଇଓ ତଥା ସହ-ପ୍ରତିଷ୍ଠାତା ସମର ଖୋଲକର କହିଛ଼ନ୍ତି ଯେ 'ଓଡିଶାରେ ଭଳି ରାଜ୍ୟରେ ଏକ ନୂତନ ମଲ୍ଟି ବ୍ରାଣ୍ଡ ଅଭିଜ୍ଞତା ଷ୍ଟୋର ସହିତ ଆମର ଉପସ୍ଥିତି ବଢାଇବାକୁ ଆମେ ଉତ୍ସାହିତ । ସତ କହିବାକୁ ଗଲେ, ଆମେ ଓଡିଶାରେ ଏହି ପ୍ରକାରର ଜବରଦସ୍ତ ପ୍ରତିକ୍ରିୟା ପାଇବାକୁ ଆଶା କରିନାହୁଁ; ଆମେ ପ୍ରକୃତରେବ୍ରହ୍ମପୁରର ନୂତନ ଷ୍ଟୋର ଲୋକମାନଙ୍କୁ ଇଲେକ୍ଟ୍ରିକ୍ ଗତିଶୀଳତାପାଇଁ ଇଭିଏସ୍ ଷ୍ଟୋର ହୋମ ଡେମୋକୁ ମଧ୍ୟ ସୁଗମ କରିବ ଏବଂ ଗ୍ରାହକଙ୍କୁ ରୋମାଞ୍ଚକର ଅଫର ଏବଂ ସହଜ ଫାଇନାନ୍ସ ବିକଳ୍ପ ବିଷୟରେ ସୂଚନା ପ୍ରଦାନ କରିବ । 'ଜଳବାୟୁ ପରିବର୍ତ୍ତନ ଚି'।ଧାରାକୁ ନେଇ ବିଶ୍ୱସ୍ତରୀୟ ସଚେତନତା ସହିତ ବୈଦ୍ୟୁତିକ ଗତିଶୀଳତା ବୃଦ୍ଧି ପାଇଁ ଭାରତର ପ୍ରତିବଦ୍ଧତା ଦ୍ୱାରା ରାଜ୍ୟ ସରକାର ଚଳିତ ବର୍ଷ ପ୍ରାରମ୍ଭରେ ଏହାର ଇଭି ନୀତି ପ୍ରକାଶ କରିଛ଼ନ୍ତି ଯାହା ଉଭୟ ବ୍ୟକ୍ତିଗତ ଗତିଶୀଳତା ଏବଂ ସାଧାରଣ ପରିବହନ ବିଭାଗରେ ବୈଦ୍ୟୁତିକ ଯାନ ଗ୍ରହଣକୁ ସମର୍ଥନ କରିବ । ଇଭି ନୀତି ମଧ୍ୟ ସ୍ୱଚ୍ଛ ଶକ୍ତି ଉତ୍ସ ଉପରେ ଧ୍ୟାନ ଦେଇ ଇଲେକ୍ଟ୍ରିକ୍ ଭେଇକିଲ୍ ଚାର୍ଜିଂ ଷ୍ଟେସନ୍ ଏବଂ ବ୍ୟାଟେରୀ ସ୍ୱାପିଂ ଷ୍ଟେସନର ଏକନେଟୱାର୍କ ସୃଷ୍ଟି କରିବାକୁ ସକ୍ଷମ କରିବାକୁ ଚେଷ୍ଟା କରେ ।ଚଳିତ ବର୍ଷ ଫେବୃଆରୀରେ ଘୋଷିତ ହୋଇଥିବା ଇଭି ନୀତି ଅନୁଯାୟୀ ମିଶନ ଶକ୍ତି, ବ୍ୟକ୍ତିବିଶେଷ ତଥା ରାଜ୍ୟ ସରକାରୀ କର୍ମଚାରୀଙ୍କ ପାଇଁ ଓଡିଶା ସରକାର ସ୍ୱତନ୍ତ୍ର ଯୋଜନା ଘୋଷଣା କରିଛ଼ନ୍ତି । ବ୍ରହ୍ମପୁରରେ ଥିବା ବିଲାଇଭ ଷ୍ଟୋରର ଆଶିଷ ଅଗ୍ରୱାଲ ଏହି ଉନ୍ମୋଚନ ସମ୍ପର୍କରେ ସୂଚନା ଦେଇ କହିଛ଼ନ୍ତି, 'ଆମେ ବିଲାଇଭ ସହ ସହଭାଗୀ ହୋଇ ଗର୍ବିତ ଏବଂ ଓଡିଶାରେ ବୈଦ୍ୟୁତିକ ଗତିଶୀଳତାକୁ ଉତ୍ସାହିତ କରିବା ଦିଗରେ ଆମର ପ୍ରତିବଦ୍ଧତା ପ୍ରଦର୍ଶନ କରୁଛୁ । ଇଭିଏସ୍ ଶୀଘ୍ର ଜନତାଙ୍କ ମଧ୍ୟରେ ଆକର୍ଷିତ ହେବାରେ ଲାଗିଛି, ସେମାନଙ୍କର କାର୍ଯ୍ୟଦକ୍ଷତା ଏବଂ ନିର୍ଭରଯୋଗ୍ୟତା ଉପରେ ସାମାନ୍ୟ ଆଶଙ୍କା ଅଛି । ଆମେ ଲୋକମାନଙ୍କୁ ଅନୁରୋଧ କରୁଛୁ ଯେ ଆମର ବୈଦ୍ୟୁତିକ ଯାନଗୁଡିକର ପରିସର ଅନୁସନ୍ଧାନ କରିବାକୁ ଏବଂ ଇଲେକ୍ଟ୍ରିକ୍ ଗତିଶୀଳତା କାହିଁକି ଘଣ୍ଟାର ଆବଶ୍ୟକତା ଅଟେ ।


## DISPLAY CLASSIFIED

FOR ADVERTISEMENT CONTACT
Phone No. (0674) 2555116/9853400829
Fax: (0674) 2550504
E-mail : paryabekhyak@gmail.com
editorpbkc@gmail.com

TARIFF: 10 c.m.x 4cm: Rs. 8,000/- (One Month)
10c.m.x 4cm: Rs. 350/- (One day)
5c.m.x 4cm: Rs. 5,000/- (One Month)
5c.m.x 4cm: Rs. 200/- (One day)

VED BHAWAN
Creating Peace, Progress & Prosperity
For all Vedic Performances like Rudravishek, Mahalaxmi Pujan, Grahashanti Anusthan, Chandipatha, Vishnu Sahasranama Patha, Birthday Celebration, Griha Prabesh, Vastu Pujan, Bhumi Pujan, Astrological Consultation & Prediction etc.
DO YOU NEED PUNDITS / ASTROLOGERS / VASTU EXPERTS ?
Contact :
Near Mukteswar Temple, Sarbodaya Nagar, Puri.
N-3, B-14/15, MPS Campus, Nayapalli, Bhubaneswar
Ph. 0674-2550786, Fax : 0674-2550504
Email.: yagyaanusthan@sify.com

ADMISSION ON
MPS PLAY HOME
Where awareness nurtured, innocence blossoms.
For
PRE-NURSERY, NURSERY, L.K.G. & U.K.G.
N-3B-14/15, Ekamra Kanan Road, Nayapalli, BBSR
Tel : (0674) 2556225, 2558884, Fax : 2550504
Email : maharishipublicschool@yahoo.com
Web : www.maharishipublicschool.com

Pragyan Communication

Mahaditya Publication

ADMISSION ON
MAHARISHI PUBLIC SCHOOL
your gateway to complete education
For
PRE-NURSERY, NURSERY, L.K.G., U.K.G., Std-1 to Std-VIII
Baghra Road, Baripada
Tel-06792-255227
Email : maharishipublicschool@yahoo.com
Web : www.maharishipublicschool.com




# ଆନ୍ଦୋଳନର ଡାକରା ଦେବାରୁ ଶାସନ ବ୍ୟବସ୍ଥାର ନାଲି ଆଖି

ରାଉରକେଲା, (ପିଏନ)- ରାଉରକେଲା ଶିଶୁ ବିକାଶ ଯୋଜନା ଅଧିନରେ କାର୍ଯ୍ୟରତ ଅଙ୍ଗନବାଡି କର୍ମୀ ମାନଙ୍କ ଭିତରୁ କାର୍ଯ୍ୟରେ ଅବହେଳା ଅଭିଯୋଗରେ ସେ ସମୟର ଉପଜିଲ୍ଲାପାଳ ଓ ବର୍ତମାନର ସୁନ୍ଦରଗଡ ଏଡିଏମ ୪ ଜଣ ଅଙ୍ଗନବାଡି କର୍ମଚାରୀଙ୍କୁ କାର୍ଯ୍ୟରୁ ବହିଷ୍କାର କରିବାର ୨୦ ମାସ ବିତିଲାଣି । ସମ୍ପୃକ୍ତ ୪ ଜଣ ଅଙ୍ଗନବାଡି କର୍ମଚାରୀ ନ୍ୟାୟ ଭିକ୍ଷା କରିବାକୁ ଯାଇ ସୁନ୍ଦରଗଡ ଜିଲ୍ଲାପାଳଙ୍କ ଅଫିସ ଠାରୁ ଆରମ୍ଭକରି ସୁନ୍ଦରଗଡ ଏଡିଏମ, ରାଉରକେଲା ଏଡିଏମଙ୍କ ଅଫିସକୁ ଦଉଡି ଦଉଡି ନ୍ୟାୟ ନପାଇ ଆଗାମୀ ୨୭ ତାରିଖ କିମ୍ବା ନଭେମ୍ବର ୩ ତାରିଖରୁ ଆନ୍ଦୋଳନକୁ ଓହ୍ଲାଇବାକୁ ନିଷ୍ପତି ନେବା ସହ ଏନେଇ ଜିଲ୍ଲା ପ୍ରଶାସନକୁ ଜଣାଇବା ପରେ ଜିଲ୍ଲା ପ୍ରଶାସନ ସେମାନଙ୍କୁ ଆନ୍ଦୋଳନରୁ ନିବୃତ ରହିବାକୁ ନାଲିଆଖି ଦେଖାଇଥିବାର ଅଭିଯୋଗ ହୋଇଛି । ଖବରରୁ ଜଣାପଡିଛି ଯେ, ଏକ ଆନ୍ଦୋଳନରେ ସାମିଲ ହେବା, କାର୍ଯ୍ୟରେ ଅବହେଳା ନେଇ ୨୦୧୯ ମସିହାରେ ମାନସି ଦାସ, ସାବିତ୍ରୀ ରଣା, ବାସନ୍ତୀ ସେଠୀ, ଅଞ୍ଜଳି ପଟେଲ ନାମକ ୪ ଜଣ ମହିଳା କର୍ମୀଙ୍କୁ ସେ ସମୟର ପାନପୋଷ ଉପଜିଲ୍ଲାପାଳ ଚାକିରୀରୁ ବହିଷ୍କାର କରିଥିଲେ ।୧୧-୧-୨୦୧୯ରୁ ଏମାନଙ୍କୁ ବହିଷ୍କାର କରାଜିବା ପରେ ଏମାନେ ନ୍ୟାୟ ପାଇବା ଲାଗି ବାରମ୍ବାର ଜିଲ୍ଲାପାଳଙ୍କ କାର୍ଯ୍ୟାଳୟର ଦ୍ୱାରସ୍ଥ ହୋଇଥିଲେ ।ପରେ ସେମାନେ ଅନ୍ୟାନ୍ୟ ଅଧିକାରୀ ମାନଙ୍କ ପାଖକୁ ମଧ୍ୟ ଯାଇଥିଲେ, ମାତ୍ର ସେମାନଙ୍କର ସମସ୍ୟାକୁ ସମାଧାନ ଆଜିଯାଏ କରାଗଲା ନାହିଁ । ତେବେ ରାଜ୍ୟ ସ୍ତରରେ ଏନେଇ ନିଷ୍ପତି ହେବାପରେ ଜିଲ୍ଲାର ଅଙ୍ଗନବାଡି କର୍ମୀ ସଂଗଠନ ପକ୍ଷରୁ ଆନ୍ଦୋଳନ ଲାଗି ନୋଟିସ୍ ଦେବାପରେ ରାଉରକେଲା ଆଇସିଡିଏସ ଅଧିକାରୀ ତାଙ୍କ ଚିଠିରେ ରାଉରକେଲାର କର୍ମୀ ମାନଙ୍କୁ ଆନ୍ଦୋଳନରୁ ନିବୃତ ରହିବାକୁ କହିବା ସହ ବହିଷ୍କୃତ କର୍ମୀ ମାନଙ୍କ ସହ ଆନ୍ଦୋଳନକୁ ଗଲେ କଠୋର କାର୍ଯ୍ୟାନୁଷ୍ଠାନ ନିଆଜିବ ବୋଲି କହିଥିବା ଅଭିଯୋଗ ହୋଇଛି । ଏହି ଖବର ଆସିବା ପରେ ଏହା ଗଣତନ୍ତ୍ରର କେଉଁ ନୀତି ବୋଲି ଏବେ ସାଧାରଣରେ ଆଲୋଚନା ହେଉଛି । ଗଣତନ୍ତ୍ରରେ ସମସ୍ତଙ୍କର ନୀରବତା ଓ ଶାନ୍ତିଶୃଙ୍ଖଳାର ସହ ଆନ୍ଦୋଳନ କରିବାର ଅଧିକାର ରହିଛି, କିନ୍ତୁ ଏଭଳି ନିର୍ଦ୍ଦେଶନାମା ବିଭିନ୍ନ ମହଲକୁ ଆଶ୍ଚର୍ଯ୍ୟ କରିଛି । ସମସ୍ତଙ୍କ ମୁହଁରେ ଗୋଟିଏ କଥା ଏ କି ପ୍ରକାର ଶାସନ ? ଅନ୍ୟପକ୍ଷରେ ଏହି ଅଙ୍ଗନବାଡି ସଂଗଠନ ବିଏମଏସ ସମର୍ଥରେ ରହିଥିବା ବେଳେ ବିଏମଏସର ଜିଲ୍ଲାସ୍ତରର କୌଣସି ନେତା ମଧ୍ୟ ଏନେଇ ମୁହଁ ନଖୋଲିବା ସଂଗଠନର ଦଳୀୟ ଏକତା ଉପରେ ଲାଗାଇଛି ବଡ ପ୍ରଶ୍ନବାଚୀ ।

ଏନେଇ ବିଜେପିର ରାଜ୍ୟ ମୁଖପାତ୍ର ଧୀରେନ ସେନାପତିଙ୍କୁ ଯୋଗାଯୋଗ କରାଜିବାରୁ ସେ କହିଲେ, ଏମାନେ ପଲିଟିକାଲ ଆକ୍ରୋଶର ଶୀକାର ହୋଇଛନ୍ତି । ସେମାନେ ଦଳ ସହ ସିଧା ସଳଖ ସମ୍ପୃକ୍ତ ନୁହନ୍ତି, ବିଏମଏସ ସହ ସେମାନେ ରହିଛନ୍ତି, ମୁଖ୍ୟମନ୍ତ୍ରୀ ସବୁ ବେଳେ ମହିଳାଙ୍କ କଥା କହିବା ସହ ସେମାନଙ୍କ ସୁରକ୍ଷା କଥା କହୁଛନ୍ତି , କିନ୍ତୁ ୨୦ ବର୍ଷ ଚାକିରୀ କଲାପରେ ଜଣେ ମହିଳାଙ୍କୁ କୌଣସି ଠୋସ୍ ପ୍ରମାଣ ନଥାଇ ବହିଷ୍କାର କରିଦେବା ତାହା କିଭଳି ନ୍ୟାୟ ବୋଲି ଶ୍ରୀ ସେନାପତି ପ୍ରଶ୍ନ କରିଛନ୍ତି । ଜଦି ଏନେଇ ଆଇସିଡିଏସ ଏଭଳି କିଛି କହିଛି ତେବେ ବିଜେପି ପ୍ରତିନିଧି ଦଳ ତାଙ୍କୁ ଭେଟିବ ବୋଲି ସେ ପ୍ରକାଶ କରିଛନ୍ତି । ସର୍ବୋପରି ଗଣତନ୍ତ୍ରରେ ସମସ୍ତଙ୍କର ଅଧିକାର ରହିଛି ନିଜର ସମସ୍ୟାର ସମାଧାନ କରିବାକୁ ସେମାନେ ଆଗକୁ ଆସିପାରିବେ, ସେମାନଙ୍କୁ ନାଲି ଆଖି ଦେଖାଇବା ଠିକ୍ ନୁହେଁ ।

ସେହିଭଳି ବିଜେପି ନେତା ନିହାର ରାୟ କହିଛନ୍ତି, ନିଜର ହକ୍ ମାଗିବାକୁ ଗଲେ ଏଭଳି କଥା ଯଦି କୁହାଜିବ ତେବେ ତାହା ଦୁର୍ଭାଗ୍ୟଜନକ କଥା, ଯଦି ସେମାନେ ଆନ୍ଦୋଳନକୁ ଜିବେ ତାଙ୍କୁ ବିଜେପି ତରଫରୁ ସମସ୍ତ ପ୍ରକାର ସହଯୋଗ କରାଜିବ ବୋଲି ସେ ପ୍ରକାଶ କରିଛନ୍ତି ।

# କନ୍ଧମାଳ-ରାୟଗଡ଼ା ଜିଲ୍ଲା ମଧ୍ୟରେ ବସ୍ ଚଳାଚଳ ବିବାଦ

ରାୟଗଡ଼ା/ବିଷମ କଟକ/ ମୁନିଗୁଡା,(ପି.ଏନ): ଗତ ୧୨ ତାରିଖରେ କନ୍ଧମାଳ ଓ ରାୟଗଡ଼ା ଜିଲ୍ଲା ମଧ୍ୟରେ ଘରୋଇ ବସ ଚଳାଚଳ ଉପୁଜିଥିବା ବିବାଦକୁ ନେଇ ମା ପାଟଖଣ୍ଡା ମନ୍ଦିର ପରିସରରେ କନ୍ଧମାଳ ଜିଲା ବସ୍ ମାଲିକ ସଂଘ ବୈଠକ ଅନୁଷ୍ଠିତ ହୋଇଥଲା । ଉକ୍ତ ବୈଠକ ପରେ ପ୍ରେସ୍ ବିଜ୍ଞପ୍ତି ରେ କନ୍ଧମାଳ ଜିଲ୍ଲା ବସ୍ ମାଲିକ ସଂଘ ତରଫରୁ ଦିଆ ଯାଇଥିବା ମନ୍ତବ୍ୟ ରେ ଉପୁଜି ଥିବା ବିବାଦ କୁ ରାୟଗଡ଼ା ଓ କନ୍ଧମାଳ ଜିଲ୍ଲା ବସ୍ ମାଲିକ ସଂଘ ବିବାଦ ବଦଳରେ ଦୁଇ ଘରେଇ ବସ୍ ମାଲିକଙ୍କୁ ଯୋଡ଼ିତ କରି ମୁଖ୍ୟ ବିବାଦକୁ ଜିଲ୍ଲା ସ୍ତରୀୟ ବଡଳରେ ଦୁଇ ମାଲିକ ଉପରେ ଲଦିବା ଓ ହକର ଶବ୍ଦ ଲାଗଇ ଦୁଇ ବସ୍ ମାଲିକଙ୍କ ଉପରେ ଦସ ଲେଦିବା ଭୋଲି ମନ୍ତବ୍ୟ କୁ ରାୟଗଡ଼ା ଜିଲ୍ଲା ରାୟଗଡ଼ା,ବିଷମକଟକ,ମୁନିଗୁଡା ଓ ଗୁଣପୁର ବସ୍ ମାଲିକ ସଂଘ ଦୃଢ଼ ବିରୋଧ ପ୍ରକାଶ କରିଛନ୍ତି । ରାଜ୍ୟ ସରକାରଙ୍କ ଦ୍ୱାରା ଦିଆ ଯାଇଥିବା ଏଷ୍ଟିଆଇ ପରମିଟ କୁ ବେଖାତିର୍ କରି ପ୍ରଥମେ ବାଲିଗୁଡା ଠାରେ ରାୟଗଡ଼ା ଜିଲ୍ଲା ଗୁଣପୁର ଠାରୁ ଫୁଲବାଣୀ ବସ୍ କୁ ବାଲିଗୁଡା ଠାରେ ଅଟକାଇବା ଓ ପରବର୍ତ୍ତୀ ଦିନ ଅନ୍ୟ ଏକ ରାୟଗଡ଼ା ଜିଲ୍ଲା ବସ୍ କୁବାଲିଗୁଡା ଠାରେ ଅଟକାଇ କନ୍ଧମାଳ ଜିଲ୍ଲା ବସ୍ ମାଲିକ ସଙ୍ଘ ବିବାଦ ଉପୁଜି ଥିବା ରାୟଗଡ଼ା ବସ୍ ମାଲିକ ସଙ୍ଘ ତତଫରୁ ବିଷମ କଟକ ବସ୍ ମାଲିକ ସଂଘ ସଭାପତି ଏସ୍ ବାବୁ ରାଓ ଓ ସମ୍ପାଦକ ଶଶି ଭୂଷଣ ପଟ୍ଟନାୟକ ସୁଚ଼ନା ଦେଇଛନ୍ତି ଓ ରଜ୍ୟ ସରକର ବସ୍ ଚ଼ଳା ଚ଼ଳ ପାଇଁ ଏସ୍ ଟିଆଇ ପର୍ମିଟ ଦେଇଥିବା ବେଳେ ଯଦି କୌଣସି ବସ୍ ଏହି ସମୟ ସିମା ରେ ବାଧାପ୍ରାପ୍ତ ହୋଇଥାଏ ତାହାହେଲେ ଏସ୍ ଟିଆଇ ଅବ୍ ଜେଶନ ସମୟସୀମା ଭିତରେ ଏହାର ଅବ୍ ଜେଶନ କାହିଁକି କରାନଗଲା ଓ କନ୍ଧମାଳ ଜିଲ୍ଲାର ସମସ୍ତ ବସ୍ କୁ ରାୟଗଡ଼ା ଜିଲ୍ଲା ଚ଼ଳା ଚ଼ଳ ପାଇଁ ଦିଆ ଯାଉଥିବା ବେଳେ ରାୟଗଡ଼ା ବସ୍ କୁ କନ୍ଧମାଳ ଜିଲ୍ଲା କୁ ଚ଼ଳାଚ଼ଳ କରିବା ପାଇଁ ଦିଆ ନ ଯିବା ଏହା କନ୍ଧମାଳ ଜିଲ୍ଲା ବସ୍ ମାଲିକ ସଂଘର ଏକ ଛତ୍ରବାଦି ମାନସିକତା ବୋଲି ସୂଚ଼ନା ଦେଇଛନ୍ତି ଓ ରାୟଗଡ଼ା କନ୍ଧମାଳ ଜିଲ୍ଲା ବସ୍ ଚ଼ଳା ଚ଼ଳ ପାଇଁ କନ୍ଧମାଳ ଜିଲ୍ଲା ବସ୍ ମାଲିକ ସଙ୍ଘ ବିବାଦ ଉପୁଜିଥିବା ସୂଚ଼ନା ଦେଇଛନ୍ତି ଓ ଜେଉଁଡ଼ିନ ଯାଏ ରାୟଗଡ଼ା ଜିଲ୍ଲା ବସ୍ କୁ କନ୍ଧମାଳ ଜିଲ୍ଲା ରେ ଚ଼ଳା ଚ଼ଳ କରିବାକୁ ଦିଆ ନ ଯାଏ ରାୟଗଡ଼ା ଜିଲ୍ଲା କନ୍ଧମାଳ ବସ୍ ଚ଼ଳା ଚ଼ଳ କରିବା କୁ ଦିଆ ଯିବନି ସୂଚ଼ନା ଦେଇଛନ୍ତି ଓ କନ୍ଧମାଳ ଜିଲ୍ଲା ମନ୍ତବ୍ୟରେ ବିଷମ କଟକ ଓ ମୁନିଗୁଡା ବସ୍ ମାଲିକ ସଙ୍ଘ ରେଜିଷ୍ଟ୍ରେଶନ ନଥିବା ମନ୍ତବ୍ୟ କୁ ବିରୋଧ କରିବା ସହ ରେଜେଷ୍ଟ୍ରେସନ ନମ୍ବର ୨୦୧୧-୦୨/୦୪-୦୫ ମା ମର୍କମା ବସ୍ ମାଲିକ ସଂଘ ନାମରେ ନାମିତ ଥିବା ସୂଚ଼ନା ଦେଇଛନ୍ତି ।

# ଜୀବନ କୌଶଳ ଶିକ୍ଷା ମାଧ୍ୟମରେ ରକ୍ତହୀନତା ଦୂର ନିମନ୍ତେ ପ୍ରୟାସ

କନ୍ଧମାଳ,(ପିଏନ)- କନ୍ଧମାଳ ଜିଲ୍ଲାର ଅପହଂଚ ଇଲାକା ବାଲନ୍ଦାପଡା, ଲୁଇସିଙ୍ଗି, କୁଏରମାଣ୍ଡୁ ଓ ପାହିରାଜୁ ଅଂଚଳର ୪୦ ଜଣ କିଶୋରୀ ବାଳିକାଙ୍କୁ ନେଇ ୨ ଦିନିଆ ଜୀବନ କୌଶଳ ଶିକ୍ଷା ସମ୍ବନ୍ଧୀୟ ତାଲିମ୍ ଆୟୋଜିତ ହୋଇଯାଇଅଛି । ସ୍ୱେଚ୍ଛାସେବୀ ଅନୁଷ୍ଠାନ ସ୍ୱାତୀ ଓ କ୍ରାଏ, କୋଲକାତାଙ୍କ ମିଳିତ ସହଯୋଗରେ ଅନୁଷ୍ଠିତ କାର୍ଯ୍ୟକ୍ରମରେ ଶିଶୁ ମାନଙ୍କର ଅଧିକାର, ଯୌନ ପ୍ରଜନନ ସ୍ୱାସ୍ଥ୍ୟ, ସ୍ୱାସ୍ଥ୍ୟ ଓ ପୁଷ୍ଟି ଶିକ୍ଷା, ଫଳପ୍ରଦ ଯୋଗାଯୋଗ, ଆବେଗ ଜନିତ ଶିକ୍ଷା, ହିଂସା ଓ ଏହାର ପ୍ରକାର ଭେଦ ଇତ୍ୟାଦି ବିଷୟକୁ ଗୁରୁତ୍ୱ ଦେଇ କିଶୋରୀ ମାନେ ଆଗାମୀ ଦିନରେ କିପରି ସୁସଂଗଠିତ ହୋଇ ବାଲ୍ୟ ବିବାହ ଓ ମହିଳା ମାନଙ୍କ ଉପରେ ହେଉଥିବା ଅତ୍ୟାଚାରକୁ ରୋକି ପାରିବେ ତାହା ପ୍ରୟାସ କରାଯାଇଥିଲା । ତାଲିମର ଉଦ୍ଯାପନି ଦିବସରେ ଫିରିଙ୍ଗିଆ ସମନ୍ୱିତ ଶିଶୁ ବିକାଶ ପ୍ରକଳ୍ପ ଅଧିକାରିଣୀ ଶ୍ରୀମତୀ ମଞ୍ଜୁଳା ପ୍ରଧାନ ଯୋଗଦେଇ ଜୀବନ କୌଶଳ ଶିକ୍ଷା ମାଧ୍ୟମରେ କିଶୋରୀମାନେ ସଚେତନ ହୋଇ ଅଙ୍ଗନୱାଡି କେନ୍ଦ୍ରକୁ ଆସୁଥିବା ବିଭିନ୍ନ ସୁବିଧା ସୁଯୋଗକୁ ହାତେଇ ପାରିବେ ତା ଉପରେ ଗୁରୁତ୍ୱ ଦେଇଥିଲେ । ତତ୍ ସହିତ ପ୍ରତି ସପ୍ତାହର ଶନିବାର ଅଙ୍ଗନୱାଡି କେନ୍ଦ୍ରରେ ଆୟୋଜିତ ହେଉଥିବା କିଶୋରୀ ସ୍ୱାସ୍ଥ୍ୟ ଦିବସରେ ଅଧିକରୁ ଅଧିକ ଯୋଗଦାନ କରି ସ୍ୱାସ୍ଥ୍ୟ ସମ୍ପର୍କୀତ ଶିକ୍ଷା ଗ୍ରହଣ କରିବା ସହିତ ରକ୍ତହୀନତା ଦୂର କରିବା ପାଇଁ ଲୌହ ବଟିକା ନିୟମିତ ସେବନ ନିମନ୍ତେ ଆହ୍ୱାନ ଦେଇଥିଲେ । ଏଥି ସହିତ ବନ୍ଧଗଡ ସେକ୍ଟରର ସୁପରଭାଇଜର ଶ୍ରୀମତି ସଜିତା ସାହୁ ଯୋଗଦେଇ କୋରୋନା ସମୟରେ ସରକାରଙ୍କର ନିୟମକୁ ମାନି ସାମାଜିକ ଦୂରତା, ମାସ୍କର ନିଶ୍ଚିତ ବ୍ୟବହାର ଓ ବାରମ୍ବାର ହାତ ଧୋଇବା ସହିତ ସମସ୍ତ ପ୍ରକାରର ପ୍ରତିଷେଧକ ବ୍ୟବସ୍ଥା ଗ୍ରହଣ କରିବା ନିମନ୍ତେ ପରାମର୍ଶ ଦେଇଥିଲେ । ସ୍ୱାତୀର ସମ୍ପାଦକ ଇଂ ହରିଶଙ୍କର ରାଉତ ଉପସ୍ଥିତ ରହି ତାଲିମାର୍ଥୀ ମାନଙ୍କୁ ଜୀବନରେ ବିଭିନ୍ନ ସମୟରେ ଆସୁଥିବା ସଙ୍କଟ ଓ ମହିଳା ମାନଙ୍କ ଉପରେ ଲଦିଦିଆଯାଉଥିବା ଅଧିକ ଦାୟିତ୍ୱକୁ କିଭଳି ତୁଲାଇବାକୁ ହୁଏ ତାହା ଆଶା କର୍ମୀ ଓ ଅଙ୍ଗନୱାଡି କର୍ମୀଙ୍କ ନିକଟରୁ ଶିଖିବା ନିମନ୍ତେ ଉପଦେଶ ଦେଇଥିଲେ ।

# ଅଜଣା ରୋଗ ନେଲାଣି ୭ ଜୀବନ

ମାଲକାନଗିରି, (ପିଏନ)- ମାଲକାନଗିରି ଜିଲ୍ଲାର କାଳିମେଳା ବ୍ଲକ ଅନ୍ତର୍ଗତ ଦୁର୍ଗମ ସାନଟେକଗୁଡା ଗ୍ରାମରେ ଅଜଣା ରୋଗରେ ଯାଇଛି ୭ ଗ୍ରାମବାସୀଙ୍କ ଜୀବନ । ଗ୍ରାମରେ ଏହି ଘଟଣାକୁ ନେଇ ଏକ ପ୍ରକାର ଆତଙ୍କ ଖେଳିଯାଇଥିବା ବେଳେ ଗୁଣିଆ ସାଜିଛି ଏକ ମାତ୍ର ସାହା ଭରସା ! କାଳିମେଳା ବ୍ଲକ ଦୁର୍ଗମ ଅଂଚଳ ଭାବରେ ପରିଚିତ ସାନଟେକଗୁଡା ଗ୍ରାମରେ ୫୨ ଆଦିବାସୀ ସମ୍ପ୍ରଦାୟ ର ଲୋକେ ବସବାସ କରୁଛନ୍ତି ! ସେମାନଙ୍କ ପାଇଁ ବିଶୁଦ୍ଧ ପାଣି ସାତସପନ ପାଲଟିଛି । ଗ୍ରାମରେ ଥିବା ନଳକୂଅ ପାଣି ପିଇବା ଉପଯୋଗି ନୁହେଁ । ସେଥିରେ ନାଲି ରଙ୍ଗର ଗୋଳିଆ ପାଣି ବାହାରୁଛି । ଲୋକ ମାନେ ବାଧହୋଇ ଏହି ଗୋଳିଆ ପାଣି ପିଇ ମୃତ୍ୟୁମୁଖରେ ପଡୁଥିବାର ଦେଖିବାକୁ ମିଳିଛି ।ଏଥି ସହିତ ଗ୍ରାମବାସୀମାନେ ନିକଟସ୍ଥ ନାଳ ଓ ଝରଣା ପାଣି ମଧ୍ୟ ପିଇବାକୁ ବାଧ ହେଉଛନ୍ତି । ଗ୍ରାମରେ ୩ ବର୍ଷ ତଳେ ୨ଲକ୍ଷ ଟଙ୍କା ବ୍ୟୟରେ ଏକ ପାନୀୟ ଜଳ ପ୍ରକଳ୍ପ ହୋଇଥିଲେ ମଧ ତାହା ଏବେ ଅକାମୀ ହୋଇପଡ଼ି ରହିଛି । ଫଳରେ ସାନଟେକଗୁଡା ଗ୍ରାମବାସୀ ବିଶୁଦ୍ଧ ପାଣି ଟୋପାଏ ପାଇପାରୁ ନଥିବାର ଅଭିଯୋଗ କରିଛନ୍ତି । ଏହି ଦୂଷିତ ପାଣି ପିଇ ପ୍ରାୟ ୨ମାସଭିତରେ ୭ରୁ ଉର୍ଦ୍ଧ୍ୱ ଲୋକଙ୍କ ଜୀବନ ଗଲାଣି । -ସାନଟେକଗୁଡା ଗ୍ରାମରେ ଗତ ୨ମାସ ଭିତରେ ୭ରୁ ଉର୍ଦ୍ଧ୍ୱ ଲୋକଙ୍କର ଜୀବନ ଯାଇଥିଲେ ମଧ ଲୋକମାନେ ଏବେ ବି ସଚେତନ ହୋଇନାହାନ୍ତି । ପାଣି ପିଇ ଯଦି କାହାର ଦେହ ଖରାପ ହୁଏ ଗୁଣିଆ ଦ୍ୱାରା ରୋଗୀମାନଙ୍କୁ ଝଡାଫୁଙ୍କା କରା ଯାଉଥିବାର ଦୃଶ୍ୟ ଦେଖିବାକୁ ମିଳିଛି । ଲୋକମାନେ ଡ଼ାକ୍ତରଖାନାଯିବା ପରିବର୍ତେ ଗୁଣିଆ ନିକଟକୁ ଯିବାର ଦେଖି ବାକୁ ମିଳିଛି। ଏହି ଗ୍ରାମବାସୀଙ୍କ ନିକଟରେ ଏ ପର୍ଯ୍ୟନ୍ତ ପହଂଚି ନାହିଁ ନି କୋଣସି ସରକାରୀ ସଚେତନତା । ଯାହା ଫଳରେ ଏହି ଗ୍ରାମରେ ଲୋକମାନେ ଗୁଣିଗାରେଡି ଉପରେ ଭରସା କରି ଆସୁଛନ୍ତି ।

# ମହର୍ଷି ମହେଶ ଯୋଗୀଙ୍କ ଜନ୍ମଦିବସ ପାଳିତ




ବାରିପଦା,(ପି.ଏନ): ସ୍ଥାନୀୟ ବଘଡାରୋଡ ସ୍ଥିତ ମହର୍ଷି ପବ୍ଲିକ ସ୍କୁଲରେ ପୂଜ୍ୟ ମହର୍ଷି ମହେଶ ଯୋଗୀଙ୍କ ୧୦୮ତମ ଜନ୍ମ ଜୟନ୍ତୀ ମହାସମାରୋହରେ ପାଳିତ ହୋଇଯାଇଛି । ପ୍ରଥମେ ସ୍କୁଲର କର ସାର ଗୁରୁଦେବ ବ୍ରହ୍ମାନନ୍ଦ ସରସ୍ୱତୀଙ୍କ ପୂଜା କରିବା ପରେ ମହର୍ଷି ମହେଶ ଯୋଗୀଙ୍କ ଫଟୋ ଚ଼ିତ୍ରରେମାଲ୍ୟାର୍ପଣ କରାଯାଇଥିଲା । ଶିକ୍ଷକ ଶିକ୍ଷୟତ୍ରୀ ଓ ଛାତ୍ର ଛାତ୍ରୀଙ୍କ ଦ୍ୱାରା ବିଭିନ୍ନ ଚ଼ିତ୍ତାକର୍ଷକ ଗୁରୁବନ୍ଦନା ,ସଙ୍ଗୀତ ଗାନ କରାଯିବା ସହ ମହର୍ଷିଙ୍କ ଜୀବନ ଦର୍ଶନ ଉପରେ ପିଲାମାନେ ଭାଷଣ ଦେଇଥିଲେ । ସ୍କୁଲର ଛାତ୍ରୀ ଅଭିଲିପ୍ସା, ନିହାରିକା, ତପସ୍ୱିନୀ, ଲିଜା ଅତି ସୁନ୍ଦର ନୃତ୍ୟ ପରିବେଷଣ କରିଥିଲେ । ଏହି ଅବସରରେ MPS EXHIBITION -୨୦୨୫ ଆୟୋଜନ କରାଯାଇଥିଲା । ଏହାକୁ ଚ଼ାରି ଭାଗରେ ବିଭକ୍ତ କରାଯାଇଥିଲା । ବିଭିନ୍ନ ଶ୍ରେଣୀରୁ ୨୬ ଟି ପ୍ରକଳ୍ପ ସହ ୧୦୦ରୁ ଅଧିକ ଆର୍ଟ ଏବଂ କ୍ରାଫ୍ଟ ସ୍ଥାନ ପାଇଥିଲା । ପ୍ରକଳ୍ପ ଗୁଡିକୁ ସୂଚ଼ାରୁ ରୂପେ ମୂଲ୍ୟାୟନ କରିବା ସହ ପିଲାମାନଙ୍କୁ ଉତ୍ସାହିତ କରିବାକୁ ଏହି ସମାରୋହରେ ନିମନ୍ତ୍ରିତ ବିଚ଼ାରକ ଭାବେ ଜ.କ.ଉ ହାଇସ୍କୁଲ, ଭୁଆସୁଣୀ ର ବରିଷ୍ଠ ବିଜ୍ଞାନ ଶିକ୍ଷକ ଶ୍ରୀଯୁକ୍ତ ନୟନ କୁମାର ଗିରି ଓ ଲାଲ ମୋହନ ହାଇସ୍କୁଲ, ଧନପୁର ର ବିଜ୍ଞାନ ଶିକ୍ଷୟତ୍ରୀଶ୍ରୀମତୀ ଅତସୀ କୁଣ୍ଡୁ ଯୋଗ ଦେଇଥିଲେ । ଅତିଥି ମାନଙ୍କୁ ପିଲାମାନେ ଫୁଲ ଚ଼ନ୍ଦନ ଦେଇ ପାଛୋଟିବା ସହ ପୁଷ୍ପ ଗୁଚ଼୍ଛ ଓ ଉତ୍ତରୀ ଦେଇ ସ୍ୱାଗତ କରିଥିଲେ । ବିଚ଼ାରକମାନେ ଫିତା କାଟି ପ୍ରକଳ୍ପର ଉଦ୍ଘାଟନ କରିବାସହ ପ୍ରତ୍ୟେକ ପ୍ରକଳ୍ପକୁ ପୁଙ୍ଖାନୁ ପୁଙ୍ଖ ମୂଲ୍ୟାୟନ କରବା ସହ ପିଲାମାନଙ୍କୁ ମୂଲ୍ୟବାନ ଉପଦେଶ ଦେଇ ଉତ୍ସାହିତ କରିଥିଲେ । ପ୍ରତ୍ୟେକ ଗ୍ରୁପରେ ପ୍ରଥମ, ଦ୍ୱିତୀୟ ଓ ତୃତୀୟ ସ୍ଥାନ ପାଇଥିବା ପିଲାମାନଙ୍କୁ ସାର୍ଟିଫିକେଟ ସହ କେସ ପ୍ରାଇଜ୍ ଦିଆଯିବା ସହ ଅନ୍ୟ ସବୁ ପ୍ରକଳ୍ପକୁ ମଧ୍ୟ କନସୋଲେସନ କେସ ପ୍ରାଇଜ ଓ ସାର୍ଟିଫିକେଟ ପ୍ରଦାନ କରାଯାଇଥିଲା । ପ୍ରକଳ୍ପ ଭିତରେ ଆର୍ଟ ଏବଂ କ୍ରାଫ୍ଟ ରେ ସୂର୍ଯ୍ୟ ପ୍ରକାଶ , ଜ୍ଞାନବ ଏବଂ ଆହୋନା ଉଚ୍ଚ଼କୋଟି ର କ୍ରାଫ୍ଟପ୍ରଦର୍ଶିତକରିଥିବାବେଳେବିଜ୍ଞାନ ଭିତ୍ତିକ ପ୍ରୋଜେକ୍ଟ ରେ ପାର୍ଟସ ଅପ୍ ପ୍ଲାଣ୍ଟ, ଓ୍ୱରଶିପ ପ୍ଲେସ, ସ୍ୱଚ୍ଛ ଭାରତ ମିଶନ, ଏସିଡ ରେନ ,ଡ୍ରିପ ଇରିଗେସନ, ଓ୍ୱେଷ୍ଟ ମେନେଜମେଣ୍ଟ, ସେଟେଲାଇଟ, ଲେଜର ସିକୁରିଟି, ସେଭଫରେଷ୍ଟ,ଫାୟାର ସେଫଟି ଆଲାରାମ,ହାଇଡ୍ରୋ ପାଓ୍ୱାର, ପ୍ରୋଟେକଟ କ୍ଲୋଥ ଫ୍ରମ ରେନ ବିଚ଼ାରକ ମାନଙ୍କ ଦ୍ୱାରା ଉଚ୍ଚପ୍ରସଂଶିତ ହୋଇଥିଲା । ଏହି କାର୍ଯକ୍ରମ ସ୍କୁଲର ପ୍ରଧାନ ଶିକ୍ଷକ ଶ୍ରୀ କାଜଲ କାନ୍ତି ମହାପାତ୍ରଙ୍କ ତତ୍ତ୍ୱାବଧନ ରେ ପରିଚ଼ାଳିତ ହେବା ସହ ପ୍ରତ୍ୟେକ ଶିକ୍ଷକ ଶିକ୍ଷୟତ୍ରୀ ସହଯୋଗ କରିଥିଲେ । ଶେଷରେ ବିଚ଼ାରକ ଓ ଉପସ୍ଥିତ ଅଭିଭାବକମାନଙ୍କୁ ମଧ୍ୟ ଧନ୍ୟବାଦ ଅର୍ପଣ କରିଥିଲେ ।

MAHARISHI PUBLIC SCHOOL

2024-2025



ADMISSION OPEN

Maharishi Public School, Baripada

STD-NURSERY TO VIII

ENROLL YOUR CHILD TODAY

Speciaö discount for new admission before 15.03.2024

Find the Difference
- Small Classes
- Experienced, trained & loving teachers.
- Individual attention to each child.
- Regular meditation and yoga.
- Unique exam system, evaluation & Principles etc.

25% reservition as per RTE Act (2009)

MAHARISHI PUBLIC SCHOOL
Baghra Road, Baripada
For details
Contact :
Call-9438102188, 06792-255227
Time : 8.00 A.M. to 12.00 noon
E-mail- mps.bpd@gmail.com

Find us on
Facebook.com/Mps, Baripada

୨୬ତମ ପ୍ରତିଷ୍ଠା ଦିବସ ସମାରୋହ

ଖେଳ

# ପର୍ଯ୍ୟବେକ୍ଷକ

ସମ୍ପୂର୍ଣ୍ଣ ନିରପେକ୍ଷ ସାଧାରଣ ଲୋକଙ୍କ ଖବର କାଗଜ

Bhubaneswar Tuesday January 14 | ଭୁବନେଶ୍ୱର ମଙ୍ଗଳବାର, ଜାନୁଆରୀ ୧୪,୨୦୨୫ | Daily Edition : R.N.I.No: ODIODI /1999/00717 Postal Regd. No: BN/57/18-20 | www.paryabekhyak.com



## ଇଫକୋ ପରିସରରେ ବାର୍ଷିକ ଫେଟେ- ମୀନାବଜାର ସହିତ ସାଂସ୍କୃତିକ କାର୍ଯ୍ୟକ୍ରମ ମନ ମୋହିଲା

ପାରାଦୀପ,(ପି.ଏନ): ପାରାଦୀପସ୍ଥିତ ଇଫକୋ ଜ୍ୟୋତି ଲେଡିଜ୍ କ୍ଲବ୍‌ର ବାର୍ଷିକ ଫେଟେ ସଫଳତାର ସହିତ ଆୟୋଜିତ ହୋଇଯାଇଛି । ମୁଖ୍ୟଅତିଥି ଭାବେ ଇଫକୋର ବୈଷୟିକ ନିର୍ଦ୍ଦେଶକ କେ.ଜେ.ପଟେଲ,ମମତା ପଟେଲ ଯୋଗ ଦେଇଥିଲେ । ସମ୍ମାନୀତ ଅତିଥୀ ଭାବେ ଇଫକୋ ପାରାଦୀପ ୟୁନିଟ୍‌ର ମୁଖ୍ୟ ପି.କେ.ମହାପାତ୍ର ଓ ସୁପ୍ରିୟା ମହାପାତ୍ର, ପିପିଏଲ୍‌ର ମୁଖ୍ୟ ପଲାନୀ ସ୍ୱାମୀ, ପିପିଏଲ୍‌ର ପ୍ରବନ୍ଧକ ଦେବେନ୍ଦ୍ର କୁମା ଭାସ୍କର ଯୋଗ ଦେଇଥିଲେ । ଜ୍ୟୋତି ଲେଡିଜ୍ କ୍ଲବ୍‌ର ସଭାନେତ୍ରୀ ସନ୍ଦିପା ରଥ, ସମ୍ପାଦିକା ଚନ୍ଦନା ପ୍ରିୟଦର୍ଶିନୀ, ଯୁଗ୍ମ ସମ୍ପାଦିକା ଲିପିକା ଦଳାଇ, କୋଷାଧକ୍ଷା ସାଲିନି ପାଣ୍ଡେଙ୍କ ମିଳିତ ଉଦ୍ୟମରେ ଏହି ସଫଳ କାର୍ଯ୍ୟକ୍ରମର ଆୟୋଜନ କରାଯାଇଥିଲା । ଫେଟେରେ ସୁନ୍ଦର ଖାଦ୍ୟ ସମସ୍ତଙ୍କୁ ଆକର୍ଷିତ କରିଥିଲା । ଗୃହ ଉପକରଣ ସମେତ ଅନ୍ୟାନ୍ୟ ସାମଗ୍ରୀ ଲୋକଙ୍କ ପାଖରେ ଉପଲବ୍ଧ ହୋଇଥିଲା । ଯାହାକୁ



ଇଫକୋ ଅନ୍ତେବାସୀ ଆଗ୍ରହର ସହିତ କିଣୁଥିବା ଦେଖିବାକୁ ମିଳିଥିଲା । ଇଫକୋର ଜ୍ୟୋତି ଲେଡିଜ୍ କ୍ଲବ୍ ମହିଳାମାନଙ୍କ ସାମଗ୍ରୀକ ବିକାଶରେ ଦୀର୍ଘ ଦିନ ଧରି କାମ କରିବା ସହିତ ମହିଳାମାନଙ୍କ ପାଇଁ ଏହ ଉଦାହରଣ ସୃଷ୍ଟି କରିଛି । ମହିଳାମାନଙ୍କୁ ଆତ୍ମନିର୍ଭରଶୀଳ କରିବାରେ ଜ୍ୟୋତି ଲେଡିଜ୍ କ୍ଲବ୍ ବିଶେଷ ଭାବେ ସଫଳତା ହାସଲ କରି ପାରିଛି । ଜ୍ୟୋତି ଲେଡିଜ୍ କ୍ଲବ୍‌ର ଏହି କାର୍ଯ୍ୟକ୍ରମକୁ ନିମନ୍ତ୍ରୀତ ଅତିଥିମାନେ ଉଚ୍ଚ ପ୍ରଶଂସା କରିଥିଲେ ।

## ବିବେକାନନ୍ଦ ଶିକ୍ଷାକେନ୍ଦ୍ର, ଚନ୍ଦ୍ରଶେଖରପୁରରେ ୧୬୨ତମ ବିବେକାନନ୍ଦ ଜୟନ୍ତୀ ପାଳିତ

ଭୁବନେଶ୍ୱର,(ପି.ଏନ): ବି.ଡି.ଏ. କଲୋନୀ, ଚନ୍ଦ୍ରଶେଖରପୁରଠାରେ ଅବସ୍ଥିତ ବିବେକାନନ୍ଦ ଶିକ୍ଷାକେନ୍ଦ୍ରରେ ୧୬୨ ତମ ବିବେକାନନ୍ଦ ଜୟନ୍ତୀ ମହାଆଡମ୍ବର ସହକାରେ ପାଳିତ ହୋଇଥିଲା । ଉକ୍ତ ଉତ୍ସବକୁ ବିଦ୍ୟାଳୟର ଛାତ୍ରଛାତ୍ରୀମାନେ ଗୀତା ଓ ବେଦ ପାଠ ଆବୃତି କରି ଆରମ୍ଭ କରିଥିଲେ । ପ୍ରାତଃ ସମୟରେ ଛାତ୍ରଛାତ୍ରୀମାନେ ସହର ପରିକ୍ରମା କରିଥିଲେ । ଆଜିର ୧୬୨ ତମ ଜନ୍ମ ତିଥି ଉତ୍ସବରେ ମୂଖ୍ୟ ଅତିଥି ଭାବରେ ଶ୍ରୀ ଆଶୁତୋଷ ରଥ,ନିର୍ବାହି ନିର୍ଦ୍ଦେଶକ ମାନବ ସମ୍ବଳ, ନାଲ୍‌କୋ, ସମ୍ମାନୀତ ଅତିଥି ଶ୍ରୀମତୀ ସ୍ୱୟଂପ୍ରଭା ରଥ, ବିଶିଷ୍ଟଶିକ୍ଷାବିତ ତଥା ଗାଳ୍ପିକ, ବିଦ୍ୟାଳୟର ସମ୍ପାଦକ ଅକ୍ଷକୁମାର ତ୍ରିପାଠୀ ପରିଚାଳନା କମିଟି ସଦସ୍ୟ ହିମାଂଶୁ ଶେଖର ପାତ୍ର, ପ୍ରଧାନ ଆଚାର୍ଯ୍ୟ ଲୋକନାଥ ପ୍ରହରାଜ, ପ୍ରାକ୍ତନ ପ୍ରଧାନ ଆଚାର୍ଯ୍ୟ ଗଙ୍ଗାଧର ମହାରଣା ଏବଂ ବିଦ୍ୟାଳୟର ସଭାପତି ଶ୍ରୀ ମଦନ ମୋହନ ଧଳ ସଭାପତିତ୍ୱ କରିଥିଲେ । ଶ୍ରୀମତୀ ରଥ ସନାତନ ଧର୍ମ ଉପରେ ଏକ ଗଳ୍ପ ଛାତ୍ରଛାତ୍ରୀମାନଙ୍କ ଆଗରେ ବକ୍ତବ୍ୟ





ରଖିଥିଲେ, ଯାହାକି ଛାତ୍ରଛାତ୍ରୀମାନଙ୍କୁ ସନାତନ ଧର୍ମ ଉପରେ କୁହୁକ କରିଦେଇଥିଲା । ମୂଖ୍ୟ ଅତିଥି ଶ୍ରୀଯୁକ୍ତ ଆଶୁତୋଷ ରଥ ତାଙ୍କ ବକ୍ତବ୍ୟରେ ବିବେକାନନ୍ଦଙ୍କ ଦକ୍ଷତା ତଥା ସାରାବିଶ୍ୱରେ ସନାତନ ଧର୍ମ ପ୍ରଚାରକରିବାରେ ତାତ୍ପର୍ଯ୍ୟତା ଉପରେ ଆଲୋପାତ କରିଥିଲେ । ବିବେକାନନ୍ଦଙ୍କ ମୁଖ୍ୟ ସ୍ଲୋଗାନ ଶୃଙ୍ଖଳା ଉପରେ ମଧ ଗୁରୁତ୍ୱ ଆରୋପ କରିଥିଲେ । ବିଦ୍ୟାଳୟର ସଭାପତି ଶ୍ରୀଯୁକ୍ତ ମଦନ ମୋହନ ଧଳ ବିବେକାନନ୍ଦଙ୍କ ପରି ଜଣେ ଜଣେ ଛାତ୍ର ହେବାକୁ ପରାମର୍ଶ ଦେଇଥିଲେ । ସେ ବିବେକାନନ୍ଦଙ୍କୁ କେବଳ ଭାରତ ବର୍ଷ ନୁହଁ ସାରା ବିଶ୍ୱର ଏକ ମହାନ ପୁରୁଷ ଭାବେ ପ୍ରତିପାଦନ କରିଥିଲେ । ତାଙ୍କର ମୂଳମନ୍ତ୍ର ଶୃଙ୍ଖଳା ଉପରେ ଯଦି ପିଲାମାନେ ଗୁରୁତ୍ୱ ଦିଅନ୍ତି ଆଗାମୀ ଦିନରେ ନିଶ୍ଚିତ ସେମାନେ ଜଣେ ଜଣେ ବିବେକାନନ୍ଦଙ୍କ ଭଳି ମହାନ ବ୍ୟକ୍ତିତ୍ୱ ଭାବେ ନିଜକୁ ପ୍ରତିପାଦନ କରିପାରିବେ । ସମ୍ପାଦକ ଶ୍ରୀଯୁକ୍ତ ଅକ୍ଷୟ କୁମାର ତ୍ରିପାଠୀ ଅତିଥିମାନଙ୍କର ପରିଚୟ ପ୍ରଦାନ କରିଥିଲା ବେଳେ ବିଦ୍ୟାଳୟର ଛାତ୍ରୀ କୁମାରୀ ସାଇସ୍ମିତା ପାଣିଗ୍ରାହୀ, ଆରାଧ୍ୟା ମହାନ୍ତି ଓ ରୋଜାଲିନ୍ ବିବେକାନନ୍ଦଙ୍କ ଉପରେ ବକ୍ତବ୍ୟ ରଖିଥିବା ବେଳେ ଶେଷରେ ଛାତ୍ରଛାତ୍ରୀମାନଙ୍କୁ ବାର୍ଷିକ କ୍ରିଡ଼ାର ପୁରସ୍କାରପ୍ରଦାନ କରାଯାଇଥିଲା । ତନ୍ମଧ୍ୟରେ ଶ୍ରୀ ଅଭିଜିତ୍ ଦିଗାଲ ଚଳିତ ବର୍ଷ ଚମ୍ପିଆନ ସିଲ୍‌କୁ ମୁଖ୍ୟଅତିଥିଙ୍କ ଠାରୁ ଗ୍ରହଣ କରିଥିଲେ । ଉକ୍ତ ସଭା ଓ ପୁରସ୍କାର ବିତରଣ ଉତ୍ସବକୁ ବିଦ୍ୟାଳୟର ଶିକ୍ଷକ ଶ୍ରୀ ଅଭୟ କୁମାର ଶତପଥି, ଶ୍ରୀ ଗୋପାଳକୃଷ୍ଣ ପାଣିଗ୍ରାହୀ, ଶ୍ରୀ ସୁଧିର କୁମାର ବେହେରା ଓ ଶ୍ରୀମତୀ ସୁଜାତା ପାତ୍ର ପରିଚାଳନା କରିଥିଲେ ।

## କିଟ୍ ଇଣ୍ଟରନ୍ୟାସନାଲ୍ ସ୍କୁଲ୍‌ର ୧୮ତମ ବାର୍ଷିକ ଉତ୍ସବ

ଭୁବନେଶ୍ୱର,(ପି.ଏନ): କିଟ୍ ଇଣ୍ଟରନ୍ୟାସନାଲ୍ ସ୍କୁଲ୍‌ର ୧୮ତମ ବାର୍ଷିକ ଉତ୍ସବ ଶନିବାର ଅନୁଷ୍ଠିତ ହୋଇଯାଇଛି । କିଟ୍ ଓ କିସ୍ ସଭାପତି ଶାଶ୍ୱତୀ ବଳ କାର୍ଯ୍ୟକ୍ରମର ଉଦ୍‌ଘାଟନ କରିଥିବା ବେଳେ ପ୍ରତିଷ୍ଠାତା ଅଚ୍ୟୁତ ସାମନ୍ତ ମୁଖ୍ୟ ଅତିଥି ଭାବେ ଯୋଗ ଦେଇଥିଲେ । ଏହି ଅବସରରେ ଶ୍ରୀ ସାମନ୍ତ ଛାତ୍ରଛାତ୍ରୀ ତଥା ଅଭିଭାବକଙ୍କୁ ଅଭିଭାଷଣ ପ୍ରଦାନ କରି କହିଲେ, କିଟ୍ ଇଣ୍ଟରନ୍ୟାସ୍‌ନାଲ୍ ସ୍କୁଲ୍‌ରେ ପିଲାମାନଙ୍କୁ ଆନୁଷ୍ଠାନିକ ଶିକ୍ଷା ସହ ସେମାନଙ୍କ ସାମଗ୍ରିକ ବିକାଶ ଉପରେ ବିଶେଷ ଧ୍ୟାନ ଦିଆଯାଇଥାଏ । ଏହି କାର୍ଯ୍ୟକ୍ରମରେ ଯୋଗଦେଇଥିବା କିଟ୍ ଇଣ୍ଟରନ୍ୟାସନାଲ ସ୍କୁଲର ଛାତ୍ରଛାତ୍ରୀ ଓ ଅଭିଭାବକଙ୍କୁ ଶ୍ରୀ ସାମନ୍ତ ଧନ୍ୟବାଦ ଜଣାଇଥିଲେ ।ସ୍ୱାଗତ ଭାଷଣ ଦେଇ ସ୍କୁଲର ଚେୟାରପର୍ସନ ଡ ମୋନା ଲିସା ବଳ ଛାତ୍ରଛାତ୍ରୀମାନଙ୍କ ପାଇଁ ଏକ ଉପଯୁକ୍ତ ପରିବେଶ ସୃଷ୍ଟି



କରିବା ଉପରେ ଗୁରୁତ୍ୱାରୋପ କରିଥିଲେ । ପିତାମାତାଙ୍କୁ ସେମାନଙ୍କ ପିଲାମାନଙ୍କ ବୃଦ୍ଧିରେ ସକ୍ରିୟ ସମର୍ଥନ କରିବା ଦିଗରେ ଉତ୍ସାହିତ କରିଥିଲେ । ସ୍କୁଲ୍‌ର ଅଧ୍ୟକ୍ଷ ଡ. ସଞ୍ଜୟ ସୁଆର ସ୍କୁଲର ବାର୍ଷିକ ବିବରଣୀ ଉପସ୍ଥାପନ କରି ଚଳିତବର୍ଷ ଶିକ୍ଷା, କ୍ରୀଡ଼ା ଓ ଅନ୍ୟାନ୍ୟ କ୍ଷେତ୍ରରେ ଉତ୍କର୍ଷତା ପ୍ରତିପାଦିତ କରିଥିବା ଛାତ୍ରଛାତ୍ରୀଙ୍କ ନାମ ଉଲ୍ଲେଖ କରିଥିଲେ । ଏହି ଅବସରରେ ବିଭିନ୍ନ କ୍ଷେତ୍ରରେ ସ୍କୁଲକୁ ସୁନାମ ଆଣିଦେଇଥିବା କୃତି ଛାତ୍ରଛାତ୍ରୀଙ୍କୁ ପୁରସ୍କୃତ କରାଯାଇଥିଲା । ବିଦ୍ୟାଳୟର ବାର୍ଷିକ ମୁଖପତ୍ର 'କାରାନାଇ'ର ଇ-ସଂସ୍କରଣକୁ ଶ୍ରୀ ସାମନ୍ତ ଉନ୍ମୋଚନ କରିଥିଲେ । ପରେ ଛାତ୍ରଛାତ୍ରୀଙ୍କ ଦ୍ୱାରା ରଙ୍ଗାରଙ୍ଗ ସାଂସ୍କୃତିକ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଥିଲା ।

## ବିଲୀନ ହବାକୁ ବସିଛି ଲିଆଖିଆ ଅଭୟାରଣ୍ୟ, ପ୍ରତିଦିନ କଟାଯାଉଛି ଝାଉଁ କାଠ

କୋଣାର୍କ,(ପି,ଏନ): ପୁରୀ ଜିଲ୍ଲା ବନଖଣ୍ଡ ବନ୍ୟପ୍ରାଣୀର କୋଣାର୍କ ବନାଞ୍ଚଳ ଓ ରାମଚଣ୍ଡୀ ବନପାଳ ଙ୍କ ଅଧୀନରେ ଥିବା ବାଲିକପିଳେଶ୍ୱର ଇଡିସି ଦୀର୍ଘଦିନ ହେଲା ନୂତନ କମିଟି ଗଠନ ନହେବାରୁ ବିନା ମୁରବି ରେ ଚାଲିଛି,ଫଳରେ ଇଡିସି ଅନ୍ତରଭୁକ୍ତ ଜଙ୍ଗଲ ମଧ୍ୟରୁ ବେଧଡକ ଝାଉଁ ଆକାଶିଆ ଏବଂ ଅନ୍ୟାନ ମୂଲ୍ୟବାନ କାଠ କଟାଯାଉଛି, ଯିଏ ଯେମିତି ପାରୁଛନ୍ତି ସେମାନେ ବିଭିନ୍ନ ଅନୁଷ୍ଠାନ ଆଳରେ ଗଛ କାଟି ଜଙ୍ଗଲ ପଦା କରିସାରିଲେଣି. ବାଲିକପିଳେଶ୍ୱର ଇଡିସି ରେ ପଦ ପଦବୀ ରେ ଥିବା କିଛି ପୂର୍ବତନ ସଭ୍ୟ ପଦ ଛାଡିବାକୁ ନାରାଜ, ସେମାନେ ଏହାକୁ ଏକ ରୋଜଗାର ର ମାଧ୍ୟମ ବୋଲି ଧରି ନେଇଛନ୍ତି, ସେମାଙ୍କର ମନମୁଖୀ କାର୍ଯ୍ୟ ଯୋଗୁ ବାଙ୍ଗର ମୌଜା ର ଲିଆଖିଆ, ବାଙ୍ଗର ଏବଂ କାହ୍ନପୁର ଅଲଗା ହେବା ନିମନ୍ତେ ଉଚ୍ଚ ନ୍ୟାୟଳୟ ର ଦ୍ୱାରସ୍ଥ ହୋଇ ଆଇନ ପ୍ରକିୟା ରେ ୨୦୧୭ମସିହାରୁ ଲଢେଇ ଜାରି ରଖିଛନ୍ତି, ସୂତନ ମୌଜା ର ଅଧିକାଂଶ ଗ୍ରାମ ର ବ୍ୟକ୍ତିମାନେ କୋଣାର୍କ ରେଞ୍ଜର ଏବଂ ପୁରୀ ଡିଫ ଓ ଙ୍କୁ ପୃଥକ ହେବା ପାଇଁ ଅଭିଯୋଗ କରିଛନ୍ତି, ନିକଟରେ ଗତ ତା ୮/୦୧/୨୦୨୫ ରିଖ ରେ ସବୁଠାରୁ ବଡ ମୌଜା ଖାଲକଟା ର ଅଧିବାସୀ ମାନେ ବାଲିକପିଳେଶ୍ୱର ଇଡିସି ରୁ ଅଲଗା ହେବା ନିମନ୍ତେ ଏକ ଅଭିଯୋଗ କୋଣାର୍କ ରେଞ୍ଜେର ଏବଂ ପୁରୀ ବନଖଣ୍ଡ ଅଧିକାରୀଙ୍କୁ ଦେଇଛନ୍ତି. ସେମାନେ ତାଙ୍କ ଅଭିଯୋଗ ରେ ଅନେକ ସଂଗୀନ ଅଭିଯୋଗ ଆଣିଛନ୍ତି, ଯଥା – ବାଲିକପିଳେଶ୍ୱର ଇଡିସି ସଠିକ ନୀତି ନିୟମ ଅନୁସାରେ ଗଢ଼ା ଯାଇନାହିଁ, ଜଙ୍ଗଲ ସହିତ ଅନେକ ଗ୍ରାମ ଗୁଡିକ ସମ୍ପର୍କ ନଥିବା ସ୍ୱତେ ସେମାନଙ୍କୁ ଏଥିରେ ସାମିଲ କରାଯାଇଛି, ଯୌଥ ଜଙ୍ଗଲ ଆଇନ ୨୦୧୧ ଅନୁଯାୟୀ ଏହା ସମ୍ପୂର୍ଣ ବେଆଇନ ଅଟେ, ବାଲିକପିଳେଶ୍ୱର ଇଡିସି ରେ କେତେ ଜଣ ସଦସ୍ୟ ଅଛନ୍ତି ଆଜି ଯାଏଁ କାହାକୁ ବି ଜଣା ନାହିଁ, ମହିଳା ସଦସ୍ୟ ମାନେ କିଏ କିଏ ଆଜି ଯାଏଁ କାହାକୁ ବି ଜଣା ନାହିଁ, କେଉଁ ଗ୍ରାମ ର କେତେ ଜଣ ମେମ୍ବର ଅଛନ୍ତି ଓ ସେମାନଙ୍କର କାର୍ଯ୍ୟ କଣ କେହି ବି ଜାଣି ନାହାନ୍ତି, ଏଠି ବିନା ନିର୍ବାଚନରେ କାର୍ଯ୍ୟ କାରି ମେମ୍ବର ଏବଂ ସଭାପତି ଗଠନ କରାଯାଏ, ବାଲିକପିଳେଶ୍ୱର ଇଡିସି ର ଆୟ ବେୟ କାହାକୁ ବି ଜଣା ନାହିଁ ବୋଲି ସାଧାରଣ ରେ ଆଲୋଚନା ଚାଲିଛି !ଏଣୁ ବିଭାଗୀୟ ଅଧିକାରୀ ମାନେ ଏହାକୁ ଗୁରୁତର ସହ ନେଇ ସାଧାରଣ ଜନ ସାଧାରଣ ଙ୍କୁ ନ୍ୟାୟ ଦେବେ ବୋଲି ବୁଦ୍ଧିଜୀବୀ ମାନେ ଆସ୍ଥା ପ୍ରକଟ କରିଛନ୍ତ ।

## ଫେବୃୟାରୀ ମାସରେ ପାରାଦୀପ ମହାବିଦ୍ୟାଳୟ ସୁବର୍ଣ୍ଣ ଜୟନ୍ତୀ ସମାରୋହ

ପାରାଦୀପ,(ପି.ଏନ): ଫେବୃୟାରୀ ମାସ ସାତ ତାରିଖ ପର୍ଯ୍ୟନ୍ତ ତିନି ଦିନ ଧରି ପାରାଦୀପ ମହାବିଦ୍ୟାଳୟ ପ୍ରତିଷ୍ଠାର ସୁବର୍ଣ୍ଣ ଜୟନ୍ତୀ ସମାରୋହ ପାଳିତ ହେବ । ଏହି ଅବସରରେ ରବିବାର ଦିନ ଜାତୀୟ ଯୁବ ଦିବସରେ ପାରାଦୀପ ମହାବିଦ୍ୟାଳୟ ପରିସରରେ ଏକ ଓାକାଥନ୍ ଆୟୋଜିତ ହୋଇଥିଲା । ପାରାଦୀପ ମହାବିଦ୍ୟାଳୟଠାରୁ ବାହାରି ସହର ପରିକ୍ରମା କରିଥିଲା । ଏହି ଓାକାଥନକୁ ପାରାଦୀପ ମହାବିଦ୍ୟାଳୟର ପୁରାତନ ଛାତ୍ର ତଥା ରାଜ୍ୟ ଶିକ୍ଷମନ୍ତ୍ରୀ ସମ୍ପଦ ଚନ୍ଦ୍ର ସ୍ୱାଇଁ, ପୁରାତନ ଛାତ୍ର ତଥା ଜଗତସିଂହପୁର ସାଂସଦ ବିଭୂପ୍ରସାଦ ତରାଇ, ପୁରାତନ ଛାତ୍ର ତଥା ପାରାଦୀପର ନଗରପାଳ ଏବଂ ପୁରାତନ ଛାତ୍ର ସଂସଦ ସଭାପତି ବସନ୍ତ ବିଶ୍ୱାଳ ଶୁଭାରମ୍ଭ କରିଥିଲେ । ପାରାଦୀପ ସହରବାସୀ ତଥା ରାଜ୍ୟବସୀଙ୍କ



ନିକଟରେ ପାରାଦୀପ ମହାବିଦ୍ୟାଳୟର ଏହି ସୁବର୍ଣ୍ଣ ଜୟନ୍ତୀ ସମାରୋହ ପାଳନର ବା । ପହଂଚାଇବା ଏହାର ଲକ୍ଷ୍ୟ ବୋଲି ଗଣମାଧ୍ୟମକୁ କହିଛନ୍ତି ରାଜ୍ୟ ଶିକ୍ଷମନ୍ତ୍ରୀ ସମ୍ପଦ ଚନ୍ଦ୍ର ସ୍ୱାଇଁ । ମହାବିଦ୍ୟାଳୟର ସହି ସୁବର୍ଣ୍ଣ ଜୟନ୍ତୀ ସମାରୋହ ପାଳନ ପାଇଁ ସମସ୍ତ ପ୍ରକାରର ସହଯୋଗ କରାଯିବା ପାଇଁ ପୁରାତନ ଛାତ୍ର ତଥା ସାଂସଦ ବିଭୂପ୍ରସାଦ ତରାଇ କହିଥିଲେ । ତିନି ଦିନ ଧରି ପାରାଦୀପ ମହାବିଦ୍ୟାଳୟର ସୁବର୍ଣ୍ଣ ଜୟନ୍ତୀ ସମାରୋହରେ ମହାମହିମ ରାଜ୍ୟପାଳ, ମାନ୍ୟବର ମୁଖ୍ୟମନ୍ତ୍ରୀ,ବିରୋଧୀ ଦଳ ନେତାଙ୍କ ସମେତ ରାଜ୍ୟ ମନ୍ତ୍ରୀ ପରିଷଦର ସଦସ୍ୟ, ଶିକ୍ଷାବିତ୍‌ମାନେ ଯୋଗ ଦେବା ପାଇଁ ଯୋଜନା ରହିଥିବା ପୁରାତନ ଛାତ୍ର ସଂସଦର ସଭାପତି ତଥା ପାରାଦୀପର ନଗରପାଳ ବସନ୍ତ ବିଶ୍ୱାଳ ଗଣମାଧ୍ୟମ ପ୍ରତିନିଧିମାନଙ୍କୁ ସୂଚନା ଦେଇଛନ୍ତି । ଏହି କାର୍ଯ୍ୟକ୍ରମରେ ମହାବିଦ୍ୟାଳୟର ଅଧକ୍ଷା ଡ. ସସ୍ମିତା ଶତପଥି, ପ୍ରାକ୍ତନ ଅଧକ୍ଷ ଡ. ଶଙ୍କର ମହାପାତ୍ର, ଡ. ସୁରେନ୍ଦ୍ର ମୋହନ ମିଶ୍ର, ପୁରାତନ ଛାତ୍ର ସଂସଦ ସମ୍ପାଦକ ଗୌତମ ନାୟକଙ୍କ ସମେତ ମହାବିଦ୍ୟାଳୟର ଛାତ୍ରଛାତ୍ରୀ, ପୁରାତନ ଛାତ୍ରଛାତ୍ରୀମାନେ ବହୁ ସଂଖ୍ୟାରେ ଯୋଗ ଦେଇଥିଲେ ।

ADMISSION OPEN

MAHARISHI PLAY SCHOOL

A Great Place to Grow @ mps

PLAY GROUP (2+)

NURSERY (3+)

LKG, UKG, STD-I TO V

25% reservation as per RTE Act (2009)



FIND THE DIFFERENCE

- Surveillance through CCTV Camera
- Small Classes
- Congenial Environment
- Intimate, Safe & Secured Place
- Experienced & loving teachers
- Individual attention to each child
- Spacious Playground
- AC Activity Room
- Transport Facilities

TUITION CLASSES
for Std I to Std V
Timing: 5 PM to 6.30 PM

MAHARISHI PUBLIC SCHOOL

N4-F/24, IRC Village, Nayapalli,
Bhubaneswar, Phone: 0674-2558884,2550786
E-mail: maharishipublic13@gmail.com

25% Seats reserved in Std. 1 under RTE Act

Printed & Puböished by Budhadev Mohapatra on behaöf of Hiranmayee Media Pvt. Ötd. & Printed at Mayur Offset Printers, Pöot No. D-1/1, Mancheswar Industriaö Estate, Bhubaneswar-751<0 & Puböished at N-4, F/24, IRC Viööage, Nayapaööi, Bhubaneswar, Dist-Khordha, Pin-751<5, Phone : (0674© 2550751/2555116, Fax No. : 2550504, E-maiö :editorpbkc@gmaiö.com, paryabekhyak@gmaiö.com

ସମ୍ପାଦକ : ଡକ୍ଟର ପବିତ୍ର ମୋହନ ସାମନ୍ତରାୟ
EDITOR : Dr. Pabitra Mohan Samantaray